୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK | ପର୍ଯ୍ୟବେକ୍ଷକ

Vol.26 . No.125 Bhubaneswar Friday June 21 2024 | ୨୬ତମ ବର୍ଷ ସଂଖ୍ୟା-୧୨୫ ଭୁବନେଶ୍ୱର, ଶୁକ୍ରବାର, ଜୁନ ୨୧, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

## କାହିଁକି ପିଏସଓ ଛାଡୁନାହାନ୍ତି ପାଣ୍ଡିଆନ: କିଏ ଦେଇଥିଲା ପ୍ରତ୍ୟାହାର ନିର୍ଦ୍ଦେଶ, କିଏ ପୁଣି ଅଟକାଇଲା

ଭୁବନେଶ୍ୱର,୨୦।୬(ପି.ଏନ): ରାଜ୍ୟରେ ବିଜେପି ସରକାରଙ୍କ ପ୍ରଶାସନରେ ଭିକେ ପାଣ୍ଡିଆନଙ୍କ ପ୍ରଭାବ ବଳବତ୍ତର ରହିଛି । ଏକଥା ଆମେ କହୁନୁ, ବରଂ ପୁଲିସ ପ୍ରଶାସନର ଆଜିର କାର୍ଯ୍ୟ ଏଭଳି ସଙ୍କେତ ଦେଇଛି । ବିଜେଡି ସରକାରର ମନ୍ତ୍ରୀମାନଙ୍କୁ(ଏବେ ବିରୋଧୀ ଦଳ ବିଧାୟକ ଅଛନ୍ତି) ଦିଆଯାଇଥିବା ବ୍ୟକ୍ତିଗତ ସୁରକ୍ଷାକର୍ମୀ (ପିଏସଓ) ମାନଙ୍କୁ ଆଜି ତତ୍କାଳ ପ୍ରଭାବରୁ ପ୍ରତ୍ୟାହାର କରିନିଆଯାଇଛି । ବିଜେଡିର ବରିଷ୍ଠ ବିଧାୟକମାନଙ୍କ ପିଏସଓଙ୍କୁ ହଟାଇ ନେଇଥିବା ଗୁଇନ୍ଦା ବିଭାଗ କିନ୍ତୁ ପାଣ୍ଡିଆନଙ୍କ ୨ଜଣ ପିଏସଓଙ୍କୁ ହଟାଇବାକୁ ସକ୍ଷମ ହୋଇପାରିନି । ପାଣ୍ଡିଆନଙ୍କ ପିଏସଓଙ୍କୁ ଆଜି ପ୍ରତ୍ୟାହାର ନିର୍ଦ୍ଦେଶ ଦେଇ ମାତ୍ର କିଛିଘଣ୍ଟା ମଧ୍ୟରେ ଉକ୍ତ ନିର୍ଦ୍ଦେଶକୁ ରଦ୍ଦ କରିଥିବା ଜଣାପଡିଛି । ତେବେ ଗୁଇନ୍ଦା ବିଭାଗର



ଏହି ପଦକ୍ଷେପ ମୁଖ୍ୟମନ୍ତ୍ରୀ ମୋହନ ଚ଼ରଣ ମାଝୀ(ଗୃହ ବିଭାଗ ଦାୟିତ୍ୱ)ଙ୍କ ଜାଣତରେ ହୋଇଛି ନା ମୁଖ୍ୟମନ୍ତ୍ରୀଙ୍କୁ ବିବାଦୀୟ କରିବା ଓ ପାଣ୍ଡିଆନଙ୍କୁ ଖୁସି କରିବାକୁ ପୁଲିସ ପ୍ରଶାସନ ନିଜଆଡୁ ଏପରି କରିଛି ତାକୁ ନେଇ ପାୱାର କରିଡରରେ ଚ଼ର୍ଚ୍ଚା ।ମିଳିଥିବା ସୂଚ଼ନା ଅନୁସାରେ, ରାଜ୍ୟରେ ୨୪ବର୍ଷର ବିଜେଡି ସରକାରର ଅନ୍ତ ହେବା ସହ ମୋହନ ଚ଼ରଣ ମାଝୀଙ୍କ ନେତୃତ୍ୱରେ ପ୍ରଥମ ବିଜେପି ସରକାର ଏକ ସପ୍ତାହରୁ ଅଧିକ ଦିନ ଧରି କାର୍ଯ୍ୟ ଆରମ୍ଭ କରିଛନ୍ତି । ବିଜେଡି ସରକାରରେ ମନ୍ତ୍ରୀ ଥିବା ନେତାମାନଙ୍କଠୁ ଆଜି ପିଏସଓ ପ୍ରତ୍ୟାହାର କରାଯାଇଛି । ସେହି ପିଏସଓମାନଙ୍କୁ ତୁରନ୍ତ ନିଜ ନିଜ ମୁଖ୍ୟାଳୟରେ ଯୋଗଦେବାକୁ ନିର୍ଦ୍ଦେଶ ଜାରି ହୋଇଛି । ଯେଉଁ ପୂର୍ବତନ ମନ୍ତ୍ରୀମାନଙ୍କଠୁ ପିଏସଓ ପ୍ରତ୍ୟାହାର କରାଯାଇଛି ସେମାନଙ୍କ ମଧ୍ୟରେ ଅଧିକାଂଶ ଏବେ ବିଜେଡିର ବିଧାୟକ ଅଛନ୍ତି । ପୂର୍ବତନ ମନ୍ତ୍ରୀ ତଥା ବର୍ତ୍ତମାନର ବିଧାୟକ ନିରଞ୍ଜନ ପୂଜାରୀ, ପ୍ରତାପ କେଶରୀ ଦେବ, ଶାରଦା ପ୍ରସାଦ ନାୟକ, ରଣେନ୍ଦ୍ର ପ୍ରତାପ ସ୍ୱାଇଁ ଓ ପ୍ରମିଳା ମଲ୍ଲିକ ଆଦିଙ୍କୁ ମିଳିଥିବା ପିଏସଓଙ୍କୁ ଆଜି ତତ୍କାଳ ପ୍ରଭାବରୁ ହଟାଇ ନିଆଯାଇଛି । କେବଳ ଏହି ପୂର୍ବତନ ମନ୍ତ୍ରୀ (ବର୍ତ୍ତମାନର ବିଧାୟକ) ନୁହଁନ୍ତି ବିଜେଡିର ଅନ୍ୟ ବରିଷ୍ଠ ବିଧାୟକମାନଙ୍କୁ ରାଜ୍ୟ ଗୁଇନ୍ଦା ବିଭାଗ ଓ ପୁଲିସ କମିଶନରେଟ ପକ୍ଷରୁ ଯେଉଁ ପିଏସଓ ଯୋଗାଇ ଦିଆଯାଇଥିଲା ସେମାନଙ୍କୁ ପ୍ରତ୍ୟାହାର କରି ନିଆଯାଇଥିବା ଜଣାପଡିଛି ।

## ପରୀକ୍ଷା ବିବାଦ: ଉଚ୍ଚସ୍ତରୀୟ କମିଟି ଗଠନ ହେବ କହିଲେ ଶିକ୍ଷାମନ୍ତ୍ରୀ

ଭୁବନେଶ୍ୱର,୨୦।୬(ପି.ଏନ): ନିଟ ପରୀକ୍ଷାରେ ଅନିୟମିତତା ଓ ୟୁଜିସି-ନେଟ ପରୀକ୍ଷା ବାତିଲକୁ ନେଇ ବିବାଦ ତେଜୁ ଥିବା ବେଳେ ଏଥିରେ ତାଳି ପକାଇବାକୁ ଚେଷ୍ଟା କରିଛନ୍ତି କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ । ଘଟଣା ପରେ ସେ ଉଚ୍ଚସ୍ତରୀୟ କମିଟି ଗଠନ ହେବ ବୋଲି କହିଛନ୍ତି । ଏଥିସହ ଶିକ୍ଷାର୍ଥୀଙ୍କ ସ୍ୱାର୍ଥ ସବୁବେଳେ ସରକାରଙ୍କ ପ୍ରାଥମିକତା ବୋଲି ଶ୍ରୀ ପ୍ରଧାନ ସୂଚ଼ିତ କରିଛନ୍ତି ।୩୦ ଲକ୍ଷରୁ ଅଧିକ ପିଲା ଏହି ଦୁଇଟି ଯାକ ପରୀକ୍ଷା ଦେଇଛନ୍ତି । ଉଭୟ ପ୍ରବେଶିକା ପରୀକ୍ଷା ନ୍ୟାଶନାଲ ଟେଷ୍ଟିଂ ଏଜେନ୍ସି(ଏନଟିଏ) ପକ୍ଷରୁ କରାଯାଇଥିଲା । ତେବେ ଉଭୟ ପରୀକ୍ଷାରେ ବ୍ୟାପକ ଅନିୟମିତତା ହୋଇଥିବା ଅଭିଯୋଗ ହୋଇଛି । ଏଥିପାଇଁ ଆଜି ଦେଶର ବିଭିନ୍ନ ପ୍ରାନ୍ତରେ



ଛାତ୍ର ଆନ୍ଦୋଳନ ଦେଖିବାକୁ ମିଳିଛି । ଦିଲ୍ଲୀସ୍ଥିତ ଶ୍ରୀ ପ୍ରଧାନଙ୍କ ବାସଭବନ ଆଗରେ ମଧ୍ୟ ବିକ୍ଷୋଭ ଦେଖିବାକୁ ମିଳିଥିଲା ।ବିକ୍ଷୋଭ ଓ ଅସନ୍ତୋଷ ବଢ଼ିବା ପରେ ଶ୍ରୀ ପ୍ରଧାନ ସାମ୍ବାଦିକ ସମ୍ମିଳନୀ କରି ପୂରା ଘଟଣା ଉପରେ ସ୍ପଷ୍ଟୀକରଣ ଦେଇଛନ୍ତି । ସେ କହିଛନ୍ତି, "ମୁଁ ସମସ୍ତ ସମସ୍ତଙ୍କୁ ନିଶ୍ଚିତ କରିବାକୁ ଚ଼ାହେଁ ଯେ ସରକାର ଶିକ୍ଷାର୍ଥୀଙ୍କ ସ୍ୱାର୍ଥର ସୁରକ୍ଷା ପାଇଁ ପ୍ରତିଶ୍ରୁତିବଦ୍ଧ ।

## ଟଙ୍କା ଭଳି ଏଟିଏମ୍‌ରୁ ବାହାରିବ ଚ଼ାଉଳ, ଘୋଷଣା ଅନୁଯାୟୀ ୩୧୦୦ ଟଙ୍କାର କିଣାଯିବ ଧାନ: ମନ୍ତ୍ରୀ

ଭୁବନେଶ୍ୱର,୨୦।୬(ପି.ଏନ): ରାଜ୍ୟରେ ସରକାର ବଦଳିବା ପରେ ଗୋଟିଏ ପରେ ଗୋଟିଏ ନୂଆ ପଦକ୍ଷେପ ନିଆଯାଉଛି । କଣ୍ଟ୍ରୋଲ ଚ଼ାଉଳ ଆଣିବା ପାଇଁ ଏଣିକି ଦୋକାନରେ ଦୀର୍ଘ ସମୟ ପର୍ଯ୍ୟନ୍ତ ଧାଡିରେ ଛିଡା ହେବାକୁ ପଡିବ ନାହିଁ । ଏଟିଏମ୍‌କୁ ଗଲେ ଚ଼ାଉଳ ନେଇକି ଆସିବେ । ଏଟିଏମ୍‌ରେ କାର୍ଡ ଗଳାଇଲେ ଚ଼ାଉଳ ବାହାରିବ । ରାଜ୍ୟ ସରକାର ଏଭଳି ବ୍ୟବସ୍ଥା କରିବାକୁ ଯାଉଛନ୍ତି । ସେହିପରି ସାଧାରଣ ନିର୍ବାଚ଼ନ-୨୦୨୪ ଘୋଷଣା ଅନୁସାରେ ଚ଼ଳିତ ଖରିଫ ଋତୁରେ ଧାନ କୁଇଣ୍ଟାଲ ପିଛା ୩୧୦୦ ଟଙ୍କାରେ କିଣାଯିବ । ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣଚ଼ନ୍ଦ୍ର ପାତ୍ର ଗଣମାଧ୍ୟମକୁ କହିଛନ୍ତି, ରାଜଧାନୀ ଭୁବନେଶ୍ୱରରେ ଚ଼ାଉଳ ଏଟିଏମ୍ ? ଖୋଲିବ । ରାସନକାର୍ଡ ହିତାଧିକାରୀଙ୍କ ପାଇଁ ଭୁବନେଶ୍ୱରରେ ଏହି ବ୍ୟବସ୍ଥା ହେବ । ହିତାଧିକାରୀମାନେ ମେସିନ୍‌ରେ କାର୍ଡ ଗଳାଇଲେ ବାହାରିବ ଚ଼ାଉଳ । ଆଗାମୀ ସପ୍ତାହକ ମଧ୍ୟରେ ଭୁବନେଶ୍ୱରରେ ଏହି ସେବା ଆରମ୍ଭ ହୋଇଯିବ । ପର୍ଯ୍ୟାୟ କ୍ରମେ ପରେ ରାଜ୍ୟର ସବୁ ଜିଲ୍ଲାରେ ଏହି ବ୍ୟବସ୍ଥା କରାଯିବ । ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି, ଚ଼ାଷୀଙ୍କଠାରୁ ଧାନ କୁଇଣ୍ଟାଲ ୩୧ଶହ ଟଙ୍କାରେ କିଣାଯିବ । ନିର୍ବାଚ଼ନୀ ଇସ୍ତାହାରରେ କହିଛୁ । ଏଇ ଖରିଫ୍ ଋତୁରୁ ଚ଼ାଷୀଙ୍କୁ ୩୧ ଶହ ଟଙ୍କା ଦେବୁ । କାଲି କେନ୍ଦ୍ର ସରକାର ଧାନ କ୍ୱିଣ୍ଟାଲ ପ୍ରତି ୨୩ଶହ କଲା ପରେ ଆମକୁ ସୁବିଧା ହୋଇଛି । ଆମକୁ ୯୧୭ ଟଙ୍କା ଅଧିକ ଦେବାକୁ ପଡିଥାନ୍ତା । ଏବେ ୮୦୦ ଟଙ୍କା ପଡିବ । ଚ଼ାଷୀ ଧାନ ଦେବାର ୪୮ ଘଣ୍ଟା ମଧ୍ୟରେ ପ୍ରାପ୍ୟ ପାଇଯିବେ । କୌଣସି କଟ୍‌ନୀଛଟ୍‌ନୀ କରାଯିବ ନାହିଁ । ଏହି ଭଳି ଅଭିଯୋଗ ଆସିଲେ ସଂପୃକ୍ତ ବ୍ୟକ୍ତି କଡା କାର୍ଯ୍ୟାନୁଷ୍ଠାନର ସମ୍ମୁଖୀନ ହେବେ ।

## ଆଉ ଦିନକ ପାଇଁ ବଢ଼ିଲା ସକାଳୁଆ ସ୍କୁଲ; କାଲି ସକାଳ ୬ଟା ୩୦ରୁ ଦିନ ୧୦ଟା ୩୦

ଭୁବନେଶ୍ୱର,୨୦।୬(ପି.ଏନ): ରାଜ୍ୟରେ ଆଉ ଦିନକ ପାଇଁ ବଢ଼ିଲା ସକାଳୁଆ ସ୍କୁଲ । ଆସନ୍ତା କାଲି ସକାଳ ୬ଟା ୩୦ରୁ ଦିନ ୧୦ଟା ୩୦ ପର୍ଯ୍ୟନ୍ତ ଖୋଲା ରହିବ ସ୍କୁଲ । ଖରା, ଗୁଳୁଗୁଳିକୁ ଦେଖି ଆଉ ଦିନକ ପାଇଁ ଏପରି ନିଷ୍ପତ୍ତି ନେଇଛନ୍ତି ରାଜ୍ୟ ସରକାର । ପ୍ରଥମରୁ ଦ୍ୱାଦଶ ଶ୍ରେଣୀ ଯାଏଁ ସକାଳୁଆ ପାଠ ପଢାଯିବ । ୨୨ ତାରିଖ ଠାରୁ ସମସ୍ତ ସ୍କୁଲ ସ୍ୱାଭାବିକ ଭାବେ ପରିଚ଼ାଳନା କରାଯିବା ନେଇ ସୂଚ଼ନା । ସେପଟେ ପ୍ରବଳ ଗରମ ଯୋଗୁଁ ନରସିଂହପୁରରେ ବିଦ୍ୟାଳୟରେ ପଢୁଥିବା ଛାତ୍ରୀ ଅସୁସ୍ଥ ହୋଇଛନ୍ତି । ଅନନ୍ତ ନାରାୟଣ ହାଇସ୍କୁଲର ଛାତ୍ରୀ ଅସୁସ୍ଥ ହୋଇ ମେଡିକାଲରେ ଭର୍ତ୍ତି ହୋଇଛନ୍ତି । ଖାଇ ସାରିବା ପରେ ଛାତ୍ରୀ ଜଣକ ଅସୁସ୍ଥ ହୋଇପଡିଥିଲେ । ଗୁରୁତର ଛାତ୍ରୀଙ୍କୁ ଅମ୍ବୁଲାନ୍ସ ଯୋଗେ ନରସିଂହପୁର



ମେଡିକାଲରେ ଭର୍ତ୍ତି କରାଯାଇଛି । ସ୍କୁଲ ଖୋଲିବା ପ୍ରସଙ୍ଗରେ ଗଣଶିକ୍ଷା ମନ୍ତ୍ରୀଙ୍କ ସୂଚ଼ନା ଦେଇଛନ୍ତି ଯେ, ପାଣିପାଗ ଦେଖି ଜିଲ୍ଲାପଳ ନିଷ୍ପତ୍ତି ନେଇପାରିବେ । ଜିଲ୍ଲାପାଳମାନଙ୍କୁ ପୂର୍ବରୁ ନିର୍ଦ୍ଦେଶ ଦିଆଯାଇଛି । ଆଗକୁ ସ୍କୁଲ କେମିତି ଖୋଲିବ ସେ ନେଇ ନିଷ୍ପତ୍ତି ନିଆଯିବ । ବିଭାଗୀୟ ଅଧିକାରୀଙ୍କ ସହ ଅଲୋଚ଼ନା ପରେ ନିଷ୍ପତ୍ତି ନିଆଯିବ ।

### ସ୍ୱତନ୍ତ୍ର କୋର୍ଟରେ ହାଜର ହେଲେ ଅନୁଭବ ମହାନ୍ତି



ଭୁବନେଶ୍ୱର,୨୦।୬(ପି.ଏନ): ପୁରୀଘାଟ ଥାନା ମାମଲାରେ ପୂର୍ବରୁ ଅନୁଭବ ମହାନ୍ତି ହାଜର ହୋଇନଥିଲେ । ହାଜର ହୋଇନଥିବାରୁ କୋର୍ଟ ଏନବିଡବ୍ଲୁ ଜାରି କରିଥିଲେ । ଏହାପରେ ହାଇକୋର୍ଟ ଏନବିଡବ୍ଲୁ ଉପରେ ରୋକ ଲଗାଇଥିଲେ । ତେବେ ଆଜି ସ୍ୱତନ୍ତ୍ର କୋର୍ଟରେ ଅଭିନେତା ଅନୁଭବ ମହାନ୍ତି ହାଜର ହୋଇଛନ୍ତି । ଏଥିପାଇଁ ଅନୁଭବ ମହାନ୍ତି ଏମପି-ଏମଏଲଏ କୋର୍ଟରେ ଜାମିନ ଆବେଦନ କରିବେ ।

## ମୁଖ୍ୟମନ୍ତ୍ରୀ କେଜ୍ରିୱାଲଙ୍କୁ ମିଳିଲା ଜାମିନ, କାଲି ଜେଲରୁ ବାହାରିବେ

ଭୁବନେଶ୍ୱର,୨୦।୬(ପି.ଏନ): ଅବକାରୀ ନୀତି ଦୁର୍ନୀତି ସହ ଜଡିତ ମନି ଲଣ୍ଡରିଂ ମାମଲାରେ ଗିରଫ ହୋଇଥିବା ଦିଲ୍ଲୀ ମୁଖ୍ୟମନ୍ତ୍ରୀ ଅରବିନ୍ଦ କେଜ୍ରିୱାଲଙ୍କୁ ମିଳିଛି ବଡ ଆଶ୍ୱସ୍ତି । ଆଜି ତାଙ୍କୁ ଦିଲ୍ଲୀର ଗୋଟିଏ କୋର୍ଟ ମନିଲଣ୍ଡରିଂ ମାମଲାରେ ଜାମିନ ପ୍ରଦାନ କରିଛନ୍ତି ।ଚ଼ଳିତ ବର୍ଷ ମାର୍ଚ୍ଚ ୨୧ରେ ଗିରଫ ହୋଇଥିବା କେଜ୍ରିୱାଲଙ୍କୁ ମେ' ୩୦ରେ ସୁପ୍ରିମକୋର୍ଟ ୨୧ ଦିନ ପାଇଁ ଜାମିନ ଦେଇଥିଲେ । ଜୁନ ୨ରେ ସେ ଲୋକସଭା ନିର୍ବାଚ଼ନ ସାରି ପୁଣି ତିହାର ଜେଲକୁ ଫେରିଥିଲେ ।



### ବଜ୍ରାଘାତରେ ୩ ନାବାଳକ ଓ ଜଣେ ନାବାଳିକା ମୃତ

ଭୁବନେଶ୍ୱର,୨୦।୬(ପିଏନ):ରାଜ୍ୟର ବିଭିନ୍ନ ସ୍ଥାନରେ ଆଜି ବଜ୍ରାଘାତରେ ୫ ଜଣଙ୍କର ମୃତ୍ୟୁ ଘଟିଛି । ସେମାନଙ୍କ ମଧ୍ୟରେ ୩ ଜଣ ନାବାଳକ ଥିବା ବେଳେ ଜଣେ ନାବାଳିକା ଅଛନ୍ତି ।ନବରଙ୍ଗପୁର, ବଲାଙ୍ଗିର, ବୌଦ୍ଧ, ସୁନ୍ଦରଗଡ ଓ ବୌଦ୍ଧ ଜିଲ୍ଲାରେ ଘଟିଛି ଏହି ଘଟଣା ।ନବରଙ୍ଗପୁର ଜିଲ୍ଲା ଝରିଗାଁ ଥାନା ଚ଼ନ୍ଦାହାଣ୍ଡିରେ ବଜ୍ରାଘାତରେ ଜଣେ ନାବାଳକଙ୍କ ମୃତ୍ୟୁ ଘଟିଥିବା ବେଳେ ବଲାଙ୍ଗିର ଜିଲ୍ଲା ବେଲପଡା ସରମୁହାଣ ଗାଁରେ ଜଣେ ନାବାଳିକାଙ୍କ ମୃତ୍ୟୁ ଘଟିଛି । ଗଞ୍ଜାମ ପୋଲସରା ବାଲିସାହି ଫାଣ୍ଡି ଡୁଙ୍ଗୁରି ଗାଁରେ ଜଣେ ବ୍ୟକ୍ତିଙ୍କର ବଜ୍ରାଘାତରେ ମୃତ୍ୟୁ ଘଟିଛି ।

## ସୁରମା ପାଢ଼ୀ ବିଧାନସଭାର ନୂତନ ବାଚ଼ସ୍ପତି, ନିର୍ଦ୍ୱନ୍ଦରେ ହେଲେ ନିର୍ବାଚ଼ିତ

ଭୁବନେଶ୍ୱର,୨୦।୬(ପି.ଏନ): ବର୍ତ୍ତମାନର ସବୁଠାରୁ ବଡ ଖବର ସାମ୍ନାକୁ ଆସୁଛି । ବିଧାନସଭାର ନୂତନ ବାଚ଼ସ୍ପତି ଭାବେ ସୁରମା ପାଢ଼ୀ ନିର୍ବାଚ଼ିତ ହୋଇଛନ୍ତି । କାମଚ଼ଳା ବାଚ଼ସ୍ପତି ସୁରମା ପାଢ଼ୀଙ୍କୁ ନୂତନ ବାଚ଼ସ୍ପତି ଭାବେ ଘୋଷଣା କରିଛନ୍ତି । ନିର୍ବାଚ଼ିତ ହେବା ପରେ କାମଚ଼ଳା ବାଚ଼ସ୍ପତିଙ୍କ ଠାରୁ ଦାୟିତ୍ୱ ଗ୍ରହଣ କରିଛନ୍ତି ସୁରମା ପାଢ଼ୀ । ଏକମାତ୍ର ପ୍ରାର୍ଥୀ ଥିବାରୁ ସର୍ବସମ୍ମତି କ୍ରମେ ନିର୍ଦ୍ୱନ୍ଦରେ ନିର୍ବାଚ଼ିତ ହୋଇଛନ୍ତି ।ବାଚ଼ସ୍ପତି ଭାବେ ଦାୟିତ୍ୱ ଗ୍ରହଣ କରିବା ପରେ ମୁଖ୍ୟମନ୍ତ୍ରୀଙ୍କ ସମେତ ଗୃହର ସମସ୍ତ ସଦସ୍ୟଙ୍କୁ ଧନ୍ୟବାଦ ଦେଇଛନ୍ତି ସୁରମା ପାଢ଼ୀ । ସେ କହିଛନ୍ତି, 'ବିଧାନସଭା ହେଉଛି ଗଣତନ୍ତ୍ରଣ ଏକ ମନ୍ଦିର । ମୁଁ ବାଚ଼ସ୍ପତି ହେବି ବୋଲି କେବେ ବି ଭାବି ନଥିଲି । ଏପରି ଏକ ଦାୟିତ୍ୱ ପାଇ ନିଜକୁ ଧନ୍ୟ ମନେ କରୁଛି । ଗୃହର ସୁପରିଚ଼ାଳନା ପାଇଁ



ସମସ୍ତ ଦଳର ନେତା ସହଯୋଗ କରିବେ ବୋଲି ଆଶା କରୁଛି । ପଦର ମର୍ଯ୍ୟାଦା ଅକ୍ଷୁଣ ରଖିବାକୁ ଚେଷ୍ଟା କରିବି ।' ବାଚ଼ସ୍ପତି ଭାବେ ଦାୟିତ୍ୱ ଗ୍ରହଣ କରିବା ପରେ ମୁଖ୍ୟମନ୍ତ୍ରୀଙ୍କ ସମେତ ଗୃହର ସମସ୍ତ ସଦସ୍ୟଙ୍କୁ ଧନ୍ୟବାଦ ଦେଇଛନ୍ତି ସୁରମା ପାଢ଼ୀ । ସେ କହିଛନ୍ତି, 'ବିଧାନସଭା ହେଉଛି ଗଣତନ୍ତ୍ରଣ ଏକ ମନ୍ଦିର । ମୁଁ ବାଚ଼ସ୍ପତି ହେବି ବୋଲି କେବେ ବି ଭାବି ନଥିଲି । ଏପରି ଏକ ଦାୟିତ୍ୱ ପାଇ ନିଜକୁ ଧନ୍ୟ ମନେ କରୁଛି । ଗୃହର ସୁପରିଚ଼ାଳନା ପାଇଁ ସମସ୍ତ ଦଳର ନେତା ସହଯୋଗ କରିବେ ବୋଲି ଆଶା କରୁଛି । ପଦର ମର୍ଯ୍ୟାଦା ଅକ୍ଷୁଣ ରଖିବାକୁ ଚେଷ୍ଟା କରିବି ।'

## ଚ଼ିଟଫଣ୍ଡ କ୍ଷତିଗ୍ରସ୍ତଙ୍କୁ ମିଳିବ ସେମାନଙ୍କର ଜମା ଅର୍ଥ: ତଥ୍ୟ ମାଗିଲେ ରାଜ୍ୟ ସରକାର

ଭୁବନେଶ୍ୱର,୨୦।୬(ପି.ଏନ) : ଚ଼ିଟଫଣ୍ଡ ଜମାକାରୀଙ୍କ ପାଇଁ ଆସିଛି ଏକ ବଡ ଖୁସି ଖବର । ଚ଼ିଟଫଣ୍ଡ କ୍ଷତିଗ୍ରସ୍ତଙ୍କୁ ଜମା ଅର୍ଥ ରାଶି ମିଳିବ । ଏନେଇ ରାଜ୍ୟ ସରକାର ତତ୍ପରତା ପ୍ରକାଶ କରିବା ସହିତ କ୍ଷତିଗ୍ରସ୍ତଙ୍କ ଠାରୁ ସମ୍ପୂର୍ଣ୍ଣ ତଥ୍ୟ ମାଗିଛନ୍ତି । କଟକ ଓଡିଶା ପ୍ରୋଟେକ୍ସନ ଅଫ୍ ଇଣ୍ଟେରେଷ୍ଟ ଅଫ୍ ଡିପୋଜିଟର୍ସ (ଓପିଆଇଡି) କ୍ଷମତାପନ୍ନ ଅଧିକାରୀଙ୍କ କାର୍ଯ୍ୟାଳୟରେ ଅର୍ଥ ବିଭାଗର ଅତିରିକ୍ତ ସଚ଼ିବଙ୍କ ସମେତ ଅନ୍ୟ ଅଧିକାରୀମାନେ ପହଞ୍ଚିଥିଲେ । ଏହି ଟିମ୍ କଟକ ଓପିଆଇଡି କ୍ଷମତାପନ୍ନ ଅଧିକାରୀଙ୍କ ନିକଟରୁ ଚ଼ିଟ୍‌ଫଣ୍ଡ କ୍ଷତିଗ୍ରସ୍ତଙ୍କ ତଥ୍ୟ ସଂଗ୍ରହ କରୁଛି ।କଟକ ଓପିଆଇଡି କ୍ଷମତାପନ୍ନ ଅଧିକାରୀଙ୍କ ନିକଟରେ ୨୬ଟି ଚ଼ିଟଫଣ୍ଡ କମ୍ପାନୀର ମାମଲା ରହିଛି । ବର୍ତ୍ତମାନ ଦୁଇ ଚ଼ିଟ୍‌ଫଣ୍ଡ କମ୍ପାନୀ ଗୋଲଡେନ ଲ୍ୟାଣ୍ଡ ଡେଭଲପର୍ସ ଓ ହାଇଟେକ ଚ଼ିଟଫଣ୍ଡ କମ୍ପାନୀର ସମ୍ପତ୍ତି ବ୍ୟାଜ୍ୟାପ୍ତି ହୋଇ କ୍ଷତିଗ୍ରସ୍ତଙ୍କୁ ସେମାନଙ୍କର ଜମା ଅର୍ଥ ଫେରସ୍ତ କରାଯାଉଛି । ଗୋଲଡେନ ଲ୍ୟାଣ୍ଡ ଡେଭଲପର୍ସରେ ୪.୭୨ ଲକ୍ଷ ଓ ହାଇଟେକରେ ୧୦ ହଜାର ହିତାଧିକାରୀ ରହିଛନ୍ତି । ଦୁଇ କମ୍ପାନୀର ୮ ହଜାର ହିତାଧିକାରୀ ସେମାନଙ୍କର ଅର୍ଥ ଫେରି ପାଇଛନ୍ତି । ଏହି ପ୍ରକ୍ରିୟାକୁ ଆହୁରି ସରଳ କରାଯିବା ସହ ନିଜ ନିଜ ଜିଲ୍ଲାରେ କ୍ଷତିଗ୍ରସ୍ତମାନେ କିପରି ଅର୍ଥ ଫେରିପାଇବେ ସେନେଇ ଅର୍ଥ ବିଭାଗକୁ ପ୍ରସ୍ତାବ ଦିଆଯାଇଥିବା ଓପିଆଇଡି ପ୍ରାଧିକୃତ ଅଧିକାରୀ କହିଛନ୍ତି । ସୂଚ଼ନାଯୋଗ୍ୟ ଯେ, କ୍ଷମତାକୁ ଆସିଲେ ସମସ୍ତ ଚ଼ିଟଫଣ୍ଡ କ୍ଷତିଗ୍ରସ୍ତ ଜମାକାରୀଙ୍କ ଅର୍ଥ ରେସ୍ତ କରାଯିବ ବୋଲି ନିର୍ବାଚ଼ନୀ ଇସ୍ତାହାରରେ ବିଜେପି କହିଥିଲା । ଏବେ ରାଜ୍ୟରେ ନୂଆ ସରକାର ଶପଥ ଗ୍ରହଣ କରିବା ପରେ ଏହି ପ୍ରକ୍ରିୟା ଆରମ୍ଭ ହୋଇଥିବାରୁ ଜମାକାରୀଙ୍କୁ ଖୁବଶୀଘ୍ର ସେମାନଙ୍କର ଅର୍ଥ ମିଳିପାରେ ।

## ଭର୍ତ୍ତୃହରି ମହତାବ ଲୋକସଭାର କାମଚ଼ଳା ବାଚ଼ସ୍ପତି ନିଯୁକ୍ତ

ଭୁବନେଶ୍ୱର,୨୦।୬(ପି.ଏନ): ଭର୍ତ୍ତୃହରି ମହତାବ ଲୋକସଭାର କାମଚ଼ଳା ବାଚ଼ସ୍ପତି ନିଯୁକ୍ତ ହୋଇଛନ୍ତି । ତାଙ୍କୁ କାମଚ଼ଳା ବାଚ଼ସ୍ପତି ଭାବେ ନିଯୁକ୍ତି ଦେଇଛନ୍ତି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ।ଲୋକସଭାକୁ ଲଗାତାର ୭ ଥର ନିର୍ବାଚ଼ିତ ହୋଇଛନ୍ତି ଭର୍ତ୍ତୃହରି । ସେ ୬ ଥର ବିଜେଡି ଟିକେଟରେ ଲୋକସଭାକୁ ନିର୍ବାଚ଼ିତ ହୋଇଥିବା ବେଳେ ଏଥର ବିଜେପି ଟିକେଟରେ ନିର୍ବାଚ଼ିତ ହୋଇଛନ୍ତି । ନିର୍ବାଚ଼ନ ପୂର୍ବରୁ ସେ ବିଜେଡି ଛାଡି ବିଜେପିରେ ମିଶିଥିଲେ ।ସମ୍ବିଧାନର ଅନୁଚ୍ଛେଦ ୯୫ (୧) ଦ୍ୱାରା ପ୍ରଦତ୍ତ କ୍ଷମତାର ଉପଯୋଗ କରି ରାଷ୍ଟ୍ରପତି ଦ୍ରୌପଦୀ



ମୁର୍ମୁ ବରିଷ୍ଠ ସାଂସଦ ଭର୍ତ୍ତୃହରି ମହତାବଙ୍କୁ ଲୋକସଭାର କାମଚ଼ଳା ବାଚ଼ସ୍ପତି ଭାବେ ନିଯୁକ୍ତି ଦେଇଛନ୍ତି । ଲୋକସଭା ବାଚ଼ସ୍ପତି ନିର୍ବାଚ଼ନ ପର୍ଯ୍ୟନ୍ତ ସେ ବାଚ଼ସ୍ପତିଙ୍କ ଦାୟିତ୍ୱ ତୁଲାଇବେ । ଜୁନ୍ ୨୬ ତାରିଖରେ ବାଚ଼ସ୍ପତି ନିର୍ବାଚ଼ନ ହେବ । ତା'ପୂର୍ବରୁ କାମଚ଼ଳା ବାଚ଼ସ୍ପତି ଭାବେ ଭର୍ତ୍ତୃହରି ମହତାବ ଲୋକସଭାକୁ ନିର୍ବାଚ଼ିତ ହୋଇଆସିଥିବା ଜନପ୍ରତିନିଧିମାନଙ୍କୁ ସାଂସଦ ଭାବେ ଶପଥ ପାଠ କରାଇବେ ।

## ବାଟବଣା ୨୫ଟିକିଆ ହାତୀପଲ: ଜନବସତି ମୁହାଁ ଦନ୍ତା, ଲୋକେ ଛାନିଆ

ଘୁ.ଉଦୟଗିରି,୨୦।୬(ପି.ଏନ): ଗଞ୍ଜାମ ଜିଲ୍ଲାର ଉତ୍ତର ଘୁମୁସର ବନଖଣ୍ଡରୁ କନ୍ଧମାଳ ଜିଲ୍ଲାର କଳିଙ୍ଗା ସେକ୍ସନକୁ ଗତ ଦେଢ଼ ମାସ ହେଲା ପଶି ଆସିଥିବା ଗଜରାଜ ଦଳ ସ୍ଥାନୀୟ ଅଞ୍ଚଳରେ ଉପଦ୍ରବ ଚ଼ଳେଇଛନ୍ତି । ଜଙ୍ଗଲରୁ ଗାଁକୁ, ଗାଁରୁ ସାହିକୁ, ସାହିରୁ ମୁଖ୍ୟ ସଡ଼କ, ରାଜ୍ୟ ରାଜପଥ, ରାଜ୍ୟ ରାଜପଥରୁ ଜାତୀୟ ରାଜପଥ ପରେ ଏବେ ଲୋକଙ୍କ ଘର ସମୁଖରେ ଉପସ୍ଥିତି ଜାହିର କରିବା ପରେ ସାଧାରଣ ଲୋକ ବିଶାଳକାୟ ଦନ୍ତାକୁ ଘର ସମ୍ମୁଖରେ ଦେଖି ଆତଙ୍କିତ ହୋଇଯାଇଛନ୍ତି ।ଗତକାଲି ରାତିରେ ୨୫ ଟିକିଆ ହାତୀପଲ ଦଳଦଳ ହୋଇ ବିଭିନ୍ନ ସ୍ଥାନରେ ଥିଲେ । ଏଥିରୁ କେତୋଟି କୁର୍ମିଙ୍ଗିଆ, କୁନ୍ଦାସାହି, ଗଞ୍ଜୁଗୁଡା ଏବଂ ଆଉ କିଛି ଗଦିଙ୍ଗିଆ ଗ୍ରାମ ନିକଟରେ ଥିବା ସୂଚ଼ନା ମିଳିଛି । ଆଜି ସମସ୍ତ ହାତୀପଲ ଗଦିଙ୍ଗିଆ ହୋଇ ହାତୀମୁଣ୍ଡା ଯାଇଥିବା ଅଞ୍ଚଳବାସୀ ଦେଖିଥିବା କହୁଛନ୍ତି ଏବଂ ଗୋଟିଏ ଦନ୍ତାହାତୀ ଆଜି ସକାଳେ ଗଞ୍ଜୁଗୁଡ଼ା ଜଗନ୍ନାଥ ମନ୍ଦିର ନିକଟରେ ଥିବା ଆମ୍ବ ବଗିଚ଼ାରେ ବୁଲୁଥିଲା ଏବଂ ତାକୁ ଦେଖିବା ନିମନ୍ତେ ଗ୍ରାମବାସୀଙ୍କ ଭିଡ଼ ମଧ୍ୟ ଜମିଥିଲା ପରେ ପରେ ସେହି ଦନ୍ତାହାତୀ ତରାବାଡ଼ି ଗ୍ରାମ ଦେଇ କୁନ୍ଦାସାହି ଜଙ୍ଗଲକୁ ସକାଳ ୧୧ଟା ସମୟରେ ଚ଼ାଲିଯାଇଥିଲା । ବର୍ତ୍ତମାନ ହାତୀର ସ୍ଥିତି ଅନୁଧ୍ୟାନ କରିବା ସଙ୍ଗେ ସଙ୍ଗେ କ୍ଷୟକ୍ଷତିର ଆକଳନ କରି ସମସ୍ତ ତଥ୍ୟ ସଂଗ୍ରହ କରି ଉପରିସ୍ଥ ଅଧିକାରୀଙ୍କୁ ରିପୋର୍ଟ ପ୍ରଦାନ କରିବା ନିମନ୍ତେ ସ୍ଥାନୀୟ ବନ ବିଭାଗ କର୍ମଚ଼ାରୀ କାର୍ଯ୍ୟ କରୁଥିବା ସୂଚ଼ନା ମିଳିଛି । ଗତକାଲି ରାତିରେ ହାତୀପଲ କୌଣସି କ୍ଷୟକ୍ଷତି କରିଥିବା ସୂଚ଼ନା ନଥିବା ବେଳେ ଲୋକ ବି ଆଶ୍ୱସ୍ତ ଅଛନ୍ତି । କିଛି ଦିନ ଭିତରେ ହାତୀପଲ ବ୍ୟାପକ ଆମ୍ବ, ପଣସ, ଲିଚ଼ୁ, କଦଳୀ ଫସଲ ନଷ୍ଟ କରିଥିବା ବେଳେ ବହୁ ଘର ଭାଙ୍ଗି ମାଟିରେ ମିଶେଇ ଦେଇଥିଲେ । ଏବେ ହାତୀ ଅନ୍ୟ ରାସ୍ତାରେ ଗତିକରିବା ପରେ ଲୋକ ଶାନ୍ତିରେ ରାତିରେ ଶୋଇପାରିବେ ।

## ହଠାତ୍ କାହିଁକି ବଦଳିଲା ରତ୍ନଭଣ୍ଡାର ଖୋଲିବା ନିଷ୍ପତ୍ତି: ଖୋଲିଥିଲେ ହୋଇଥାନ୍ତା ବଡ ଅଘଟଣ ?

ଭୁବନେଶ୍ୱର,୨୦।୬(ପି.ଏନ): ଜୁଲାଇ ୮ ତାରିଖରେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଶ୍ରୀମନ୍ଦିର ରତ୍ନ ଭଣ୍ଡାର ଖୋଲିବ ବୋଲି ଭାରତୀୟ ପ୍ରତ୍ନତାତ୍ତ୍ୱିକ ସର୍ବ ?କ୍ଷଣ (ଏଏସଆଇ) ପକ୍ଷରୁ ପ୍ରଥମେ କୁହାଯାଇଥିଲା । ତେବେ ପରବର୍ତ୍ତୀ ସମୟରେ ଏନେଇ ରାଜ୍ୟ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚ଼ନ୍ଦନ ସ୍ପଷ୍ଟ କରିଥିଲେ । ରତ୍ନ ଭଣ୍ଡାର ଖୋଲିବା ନେଇ କୌଣସି ନିଷ୍ପତ୍ତି ହୋଇନାହିଁ ବୋଲି ମନ୍ତ୍ରୀ କହିଥିଲେ । ଏ ସମ୍ପର୍କରେ ଛତିଶା ନିଯୋଗ ବୈଠକରେ କୌଣସି ନିଷ୍ପତ୍ତି ନିଆଯାଇ ନଥିବା ନେଇ ଶ୍ରୀ ହରିଚ଼ନ୍ଦନ କହିଥିଲେ । ତେବେ ରତ୍ନ ଭଣ୍ଡାର ଖୋଲିବାକୁ ନେଇ ଲୋକଙ୍କ ମଧ୍ୟରେ ନାନା ପ୍ରକାରର ଆଶଙ୍କା ଦୃ ?ୀଭୂତ ହେଉଥିବା ବେଳେ ଏହାକୁ ଖୋଲିଥିଲେ କ'ଣ ହୋଇଥାନ୍ତା ସେନେଇ ମଧ୍ୟ ଆଲୋଚ଼ନା ହେଉଛି । କାହିଁ କେତେ ପୁରାଣ ଯୁଗରୁ ରତ୍ନ ଭଣ୍ଡାରୁ ନେଇ ଅନେକ ବିଶ୍ୱାସ ରହିଆସିଛି । ଏପରିକି 'ଶ୍ରୀମନ୍ଦିରର ରତ୍ନଭଣ୍ଡାରକୁ ସପ୍ତଫେଣୀ ନାଗ ଜଗି ରହିଛି, ଭିତରୁ ସୁ ସୁ ଗର୍ଜନ ଶୁଭୁଛି' ବୋଲି ଲୋକମୁଖରୁ ଶୁଣାଯାଇଥାଏ । ଏହି ପୌରାଣିକ କଥାକୁ ଆଜି ବି ଭକ୍ତଙ୍କ ମନରେ ଆଶଙ୍କା ସୃଷ୍ଟି କରିଥାଏ । ଶୁଣିବାକୁ ମିଳେ, ମହାପ୍ରଭୁଙ୍କ ରତ୍ନ ଭଣ୍ଡାରକୁ ସପ୍ତଫେଣୀ ନାଗ ଜଗି ରହିଛି । ପ୍ରକୃତ କଥା ହେଉଛି ଶ୍ରୀମନ୍ଦିରର ବାହାରଟା ଦେଖିବାକୁ ଯେତିକି ସୁନ୍ଦର, ତା'ର ଭିତର ସେତିକି ରହସ୍ୟମୟ । ରତ୍ନ ଭଣ୍ଡାରକୁ ଶ୍ରୀ ଲୋକନାଥଙ୍କ ଚ଼ଳନ୍ତି ପ୍ରତିମା ଜଗି ରହିଥିବା କୁହାଯାଏ । ସପ୍ତଫେଣୀ ନାଗ ଜଗି ରହିବା କାରଣରୁ ରତ୍ନ ଭଣ୍ଡାର ସୁରକ୍ଷିତ ରହିଥିବା କୁହାଯାଏ । ତେଣୁ ରତ୍ନ ଭଣ୍ଡାର ଖୋଲିବା ପୂର୍ବରୁ ସେଠାରେ ସାପ ଅଛନ୍ତି କି ନା ସେନେଇ ଏବେ କୌତୁହଳ ସୃଷ୍ଟି ହୋଇଛି । ସେହିପରି ଆଉ ଏକ ବିଶାଳ ସପ୍ତଫେଣୀ ନାଗ ମହାପ୍ରଭୁଙ୍କ ରତ୍ନଭଣ୍ଡାର ଉପରେ ତୀକ୍ଷ୍ଣ ନଜର ରଖିଥାନ୍ତି ବୋଲି ମଧ୍ୟ କୁହାଯାଇଥାଏ ।

## ଜାରକାର ୨ ଠିକାଦାରଙ୍କ କାର୍ଯ୍ୟାଳୟରେ କେନ୍ଦ୍ରୀୟ ଜିଏସ୍‌ଟିର ଚଢଉ

ଧର୍ମଶାଳା,୨୦।୬(ପିଏନ୍): ଟିକସ ଫାଙ୍କିବା ଅଭିଯୋଗରେ କେନ୍ଦ୍ରୀୟ ଜିଏସ୍‌ଟି ଟିମ ପକ୍ଷରୁ ଧର୍ମଶାଳା ବ୍ଲକ୍ ଜାରକାର ୨ଜଣ ଠିକାଦାରଙ୍କ କାର୍ଯ୍ୟାଳୟରେ ଚଢଉ କରାଯାଇଛି । ଆଜି ପୂର୍ବାହ୍ନରେ କେନ୍ଦ୍ରୀୟ ଜିଏସ୍‌ଟି ଟିମର ୭ଜଣ ସଦସ୍ୟ ୩ ଗୋଟି ଗାଡିରେ ଜାରକା ବଜାରରେ ପହଁଚିଥିଲେ । ପ୍ରଥମେ ସେମାନେ ଜାରକା ନିକଟରେ ରହୁଥିବା ଦେଉଳି ଗ୍ରାମର ସ୍ପେସାଲ କ୍ଲାସ ଠିକାଦାର ଗଜେନ୍ଦ୍ର ବେହେରାଙ୍କ ବାସଭବନରେ ଥିବା ତାଙ୍କ କାର୍ଯ୍ୟାଳୟରେ ଚଢାଉ କରିଥିଲେ । ପରେ ଅନ୍ୟଏକ ଟିମ ଜାରକା ଅଂଚଳରେ ରହୁଥିବା ଏ'କ୍ଲାସ ଠିକାଦାର ଗୌତମ ସାହୁଙ୍କ ବାସଭବନରେ ଥିବା ତାଙ୍କ କାର୍ଯ୍ୟାଳୟରେ ଚଢାଉ କରିଥିଲେ । ତେବେ ଜିଏସଟି ଟିମ୍‌କୁ ଚକମା ଦେଖାଇ ଶ୍ରୀ ସାହୁ ସେଠାରୁ ଚମ୍ପଟ ମାରିଥିଲେ । ଗୌତମଙ୍କ ଘର ଓ କାର୍ଯ୍ୟାଳୟରେ ତାଲା ପଡ଼ିଥିବାରୁ ଏହାକୁ ଖୋଲିବା ପାଇଁ ଜିଏସଟି ଅଧିକାରୀମାନେ ଘରେ ଥିବା ଲୋକମାଙ୍କୁ ଅନୁରୋଧ କଲେ ସୁଦ୍ଧା କେହି ଗେଟ ଖୋଲିନଥିଲେ । ଯାହାଫଳରେ ଟିମ ସହିତ ଆସିଥିବା ଜିଏସଟି କମିଶନର ଯାଜପୁର ଏସପି ଭିନିତ ଅଗ୍ରୱାଲଙ୍କ ସହାୟତା ଲୋଡିଥିଲେ ।









# ଟି ଟାଇମ୍

## ବୈଜନାଥ ମନ୍ଦିର

ହିମାଚଳ ପ୍ରଦେଶର କାଙ୍ଗଡା ଜିଲ୍ଲାରେ ବୈଜନାଥ ମନ୍ଦିର ଅବସ୍ଥିତ। ଏହି ମନ୍ଦିର ପାଣ୍ଡପଙ୍କ ସମୟରେ ନିର୍ମାଣ କରାଯାଇଥିଲା। ଅଜ୍ଞାତବାସ ସମୟରେ ପାଣ୍ଡବମାନେ ଏହି ମନ୍ଦିରକୁ ନିର୍ମାଣ କରିଥିଲେ ବୋଲି କେହି କେହି ମତ ବ୍ୟକ୍ତ କରିଛନ୍ତି। ମନ୍ଦିର ନିର୍ମାଣ କରିବା ସହ ସ୍ୱର୍ଗକୁ ଯିବା ପାଇଁ ନିଶୁଣୀ ତିଆରି କରିବା ପାଇଁ ଚାହିଁଥିଲେ କିନ୍ତୁ ସୂର୍ଯ୍ୟୋଦୟ ହୋଇଯିବାରୁ ଏହି କାମକୁ ଅଧାରୁ ଛାଡି ପାଣ୍ଡବ ଚାଲିଯାଇଥିଲେ। କୁହାଯାଇଛି ଯେ, ଏହି ମନ୍ଦିରରେ ସ୍ଥାପିତ ହୋଇଥିବା ଶିବଲିଙ୍ଗକୁ ରାବଣ ଶ୍ରୀଲଙ୍କା ନେଇଯାଉଥିଲା। ରାବଣ ଏହି ଲିଙ୍ଗକୁ ନେଇଯାଉଥିବା ଖବର ଜାଣି ଭଗବାନ ଗଣେଷ ରାବଣକୁ ଅଟକାଇ ଥିଲେ। ଫଳରେ ରାବଣ ଶିବଲିଙ୍ଗକୁ ସାଥିରେ ନନେଇ ଉକ୍ତ ସ୍ଥାନରେ ରଖିଦେଇଥିଲା। ସେହିପରି ଉତ୍ତରାଖଣ୍ଡରେ ଥିବା ବୈଦ୍ୟନାଥ ୧୨ ଜ୍ୟୋତିର୍ଲିଙ୍ଗ ମଧ୍ୟରୁ ଅନ୍ୟତମ। ଏଠାରେ ରାବଣ ଶିବଲିଙ୍ଗ ତିଆରି କରି ଶିବଙ୍କୁ ଆରଧନା କରିଥିଲେ। ଏଠାରେ ରାମଲୀଳା ଉତ୍ସବ କରାଯାଇନଥାଏ। ଯଦି କୌଣସି ଦଶତ ରାମଲୀଳା ପାଳନ କରିବା ପାଇଁ ଚେଷ୍ଟା କିଏ କଲା ତା ସହ କିଛି ନା କିଛି ସମସ୍ୟା ଦେଖାଦେଇଥାଏ ବୋଲି ଅନେକ ବିଶ୍ୱାସ କରିଥାନ୍ତି। ଏହି ମନ୍ଦିରରେ ମା' ଦୁର୍ଗାଙ୍କ ବିଭିନ୍ନ ରୂପ ମନ୍ଦିରର ଚାରିପଟେ ରହିଛି।

## ପ୍ଲାଷ୍ଟିକ୍ ବେବି



ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍‍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

## ଚର୍ଚ୍ଚାରେ 'ହରାମ୍‌ଖୋର'

ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ 'ହରାମ୍‌ଖୋର'ର ଟ୍ରେଲର ରିଲିଜ କରାଯାଇଛି। ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା। ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି। ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ। ଶ୍ଳୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ। ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ



ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି। ନିଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି।

# ପୁରାଣ କାହାଣୀ

## କୁଟୁମ୍ବେଶ୍ୱର ମହାଦେବଙ୍କ ମହାତ୍ମ୍ୟ



ସଂସାର ହିତ ଲାଗି ସୋମବତୀ ଅମାବାସ୍ୟା କୁଟୁମ୍ବେଶ୍ୱର ଲିଙ୍ଗଙ୍କୁ ଦର୍ଶନ କଲେ କୁଟୁମ୍ବ ବୃଦ୍ଧି ପାଇବା ସହ ସମସ୍ତ ପାପ ଦୂର ହୋଇଥାଏ। ରବିବାର, ସୋମବାର, ଅଷ୍ଟମୀ, ଚତୁର୍ଦ୍ଦଶୀ ତଥା ସୋମବତୀ ଦିନ ଶିପ୍ରା ନଦୀରେ ସ୍ନାନ କରି କୁଟୁମ୍ବେଶ୍ୱରଙ୍କୁ ଦର୍ଶନ କଲେ ସୁଫଳ ମିଳିଥାଏ। ଏହାସହ ସ୍କନ୍ଦ ପୁରାଣରେ କୁଟୁମ୍ବେଶ୍ୱରଙ୍କ ମହାତ୍ମ୍ୟ ବର୍ଣ୍ଣନା କରାଯାଇଛି। ଏକଦା ଦେବତା ଓ ରାକ୍ଷସ ସମୁଦ୍ର ମନ୍ଥନ କରୁଥିବା ବେଳେ ବିଷ ଉତ୍ପନ୍ନ ହେଲା। ଏହାଦେଖି ରାକ୍ଷସ ଓ ଦେବତାମାନେ ବିଚଳିତ ହୋଇ ଉଠିଲେ। ସେମାନେ ଭଗବାନ ଶିବଙ୍କ ନିକଟକୁ ଯାଇ ସମସ୍ତ କଥା ପ୍ରକାଶ କରି ବିଷକୁ ଦୂର କରିବା ଲାଗି ପ୍ରାର୍ଥନା କଲେ। ମହାଦେବ ସମସ୍ତ କଥା ଶୁଣିବା ପରେ ମୟୂର ରୂପ ଧାରଣ କରି ସେହି ବିଷକୁ ପାନ କରିବା ଦ୍ୱାରା ତାଙ୍କ କଣ୍ଠ ନୀଳ ପଡିଗଲା। କିନ୍ତୁ ମହାଦେବ ଏହି ବିଷକୁ ଦୂର କରିବା ଲାଗି ଶିପ୍ରା ନଦୀକୁ ଆଦେଶ ଦେଲେଯେ ଏହି ବିଷକୁ ନେଇ ସେ ମହାକାଳ ବଣରେ ଥିବା କାମେଶ୍ୱରସ୍ଥିତ ଏକ ଲିଙ୍ଗ ଉପରେ ଚଢ଼ାଇ ଦିଅ। ମା' ଶିପ୍ରା ନଦୀ ଉକ୍ତ ବି:କୁ ନେଇ ଲିଙ୍ଗ ଉପରେ ଢ଼ାଳିଦେଲେ। ବିଷର ପ୍ରଭାବରେ ଯେଉଁ ପ୍ରାଣୀ ତାଙ୍କୁ ଦର୍ଶନ କରୁଥିଲେ ସେମାନେ ମୋକ୍ଷ ପ୍ରାପ୍ତ କରୁଥିଲେ। କିଛି ବ୍ରାହ୍ମଣ ତୀର୍ଥ ଯାତ୍ରା କରିବା ଲାଗି ଏହି ଲିଙ୍ଗ ନିକଟକୁ ଆସି ଦର୍ଶନ କଲେ। ଦର୍ଶନ ଫଳରେ ସମସ୍ତ ବ୍ରାହ୍ମଣ ଦେହତ୍ୟାଗ କଲେ ଏହାଦ୍ୱାରା ତାଙ୍କ କୁଟୁମ୍ବ ଲୋପ ପାଇବାକୁ ଲାଗିଲା। ଏହା ଦେଖି କିଛି ବ୍ରାହ୍ମଣ ତାଙ୍କ କୁଟୁମ୍ବକୁ ବଞ୍ଚାଇବା ଲାଗି ଭଗବାନ ଶିବଙ୍କୁ ପ୍ରାର୍ଥନା କଲେ ଉକ୍ତ ପ୍ରାର୍ଥନାକୁ ସ୍ୱୀକାର କରି ମହାଦେବ କହିଲେ ରାଜା ଲକୁଲିଶ ଏହି ଲିଙ୍ଗକୁ ଦର୍ଶନ କଲେ ବିଷର ପ୍ରଭାବ ଆପେ ଆପେ ଦୂର ହୋଇଯିବ। ଏହି ଲିଙ୍ଗକୁ କୁଟୁମ୍ବେଶ୍ୱର କୁହାଯିବ କହି ମହାଦେବ ଅନ୍ତର୍ଦ୍ଧାନ ହୋଇଗଲେ ସେବେଠାରୁ ଏହି ଲିଙ୍ଗର ନାମ କୁଟୁମ୍ବେଶ୍ୱର ରହି ଆସିଛି।

## ୫୦୦ କୋଟି ବନାମ ୫୦୦ଟଙ୍କା

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବିମୁଦ୍ରାକରଣ ନୀତି ସତ୍ତ୍ୱେ ଦେଶବାସୀ ଦେଖିଥିଲେ କର୍ଣ୍ଣାଟକର ପୂର୍ବତନ ମନ୍ତ୍ରୀ ତଥା ଖଣି ମାଲିକ ଜନାର୍ଦ୍ଦନ ରେଡ୍ଡୀଙ୍କ ଝିଅ ବ୍ରାହ୍ମଣୀଙ୍କ ୫୦୦ କୋଟିର ବିବାହ। ବିବାହ କାର୍ଡ, ପୋଷାକଠାରୁ ଆରମ୍ଭ କରି ଭୋଜିଭାତରେ ଖର୍ଚ୍ଚ ହୋଇଥିଲା କୋଟି କୋଟି ଟଙ୍କା। ଏବେ କିନ୍ତୁ ଦେଶବାସୀ ଏହି ନୀତିର ଅପରପାର୍ଶ୍ୱ ଦେଖିବାକୁ ପାଇଛନ୍ତି। ସାଧାରଣ ଜନତା ଏହି ନୀତି ଦ୍ୱାରା କେତେମାତ୍ରାରେ ପ୍ରଭାବିତ ହୋଇଛନ୍ତି ତାହାର ଜ୍ୱଳନ୍ତ ଉଦାହରଣ ସାଜିଛି ସୁରଟର ଦକ୍ଷା ପରମାର୍ ଓ ଭାରତ ମାରୁଙ୍କ ମାତ୍ର ୫୦୦ ଟଙ୍କାର ବିବାହ। ସୁରଟର ଏକ ଇଲେକଟ୍ରିସିଟି କମ୍ପାନୀରେ ଟେକ୍ନିସିଆନ ଭାବେ କାର୍ଯ୍ୟ କରୁଥିବା ରାଜ୍ ପରମାର୍ ନିଜ ଝିଅ ଦକ୍ଷାଙ୍କ ବିବାହ ଠିକ୍ କରିଥିଲେ କମ୍ପ୍ୟୁଟର ଇଞ୍ଜିନିୟର ଭାରତ ମାରୁଙ୍କ ସହ। ଦୀପାବଳି ପୂର୍ବରୁ ଉଭୟ ପରିବାରର ମିଳାମିଶା ପରେ ବିବାହ ତାରିଖ ଦୀପାବଳି ପରେ ତଥା ନଭେମ୍ବର ୨୪କୁ ନିର୍ଦ୍ଧାରଣ କରାଯାଇଥିଲା। ଏହା ମଧ୍ୟ ସ୍ଥିର କରାଯାଇଥିଲା କି ଖୁବ୍ ଧୂମ୍‌ଧାମରେ ବିବାହ କରାଯିବ। ମାତ୍ର ୮ ତାରିଖରେ ୫୦୦ ଓ



୧୦୦୦ ଟଙ୍କିଆ ଅଚଳ ଉପରେ ଭାଷଣ ଶୁଣିବା ପରେ ଚିନ୍ତାରେ ଆସିଯାଇଥିଲେ ଉଭୟ ପରିବାର। ଜାକଜମକରେ କରିବାକୁ ଥିବା ବିବାହ ଆଶା ମଉଳି ଯାଇଥିଲା ସେମାନଙ୍କର। ନିର୍ଦ୍ଧାରିତ ତାରିଖ ପରିବର୍ତ୍ତେ ଅନ୍ୟ ତାରିଖରେ ବିବାହ କରିବା ପାଇଁ ଯୋଜନା କରିବାକୁ ଆରମ୍ଭ କରିଥିଲେ। କିନ୍ତୁ ସେହି ସମୟରେ ଦକ୍ଷା ଏକ ଉପାୟ ଚିନ୍ତା କରିଥିଲେ। ସେ ବିନା ଆଡମ୍ବରରେ ଭୋଜିରେ କେବଳ ଚା ଓ ପାଣିର ବ୍ୟବସ୍ଥା କରି ବିବାହ କରିବାର ପ୍ରସ୍ତାବ ପରିବାର ସଦସ୍ୟଙ୍କୁ ଦେଇଥିଲେ। ପ୍ରଥମେ ପରିବାର ଲୋକଙ୍କୁ ଦକ୍ଷାଙ୍କ ଏହି ପ୍ରସ୍ତାବ ଉଚିତ ଲାଗିନଥିଲା। କିନ୍ତୁ ବାରମ୍ବାର ବୁଝାଇବା ପରେ ସେମାନେ ରାଜି ହୋଇଥିଲେ। ପରେ ଉଭୟ ଦକ୍ଷା ଏବଂ ତାଙ୍କ ପରିବାର ସଦସ୍ୟ ମିଶି ଭାରତଙ୍କ ପରିବାର ଲୋକଙ୍କୁ ପ୍ରସ୍ତାବ ଦେଇଥିଲେ। ପ୍ରଥମେ ମଧ୍ୟ ଭାରତଙ୍କ ପରିବାର ଠାରୁ ଅନୁରୂପ ପ୍ରତିକ୍ରିୟା ମିଳିଥିଲା। ମାତ୍ର ପରେ ସେମାନେ ମଧ୍ୟ ରାଜି ହୋଇଯାଇଥିଲେ। କାରଣ ତାଙ୍କ ପାଇଁ ପିଲାମାନଙ୍କ ବିବାହ ଅଧିକ ଗୁରୁତ୍ୱ ରଖୁଥିଲା ସେଥିରେ ଖର୍ଚ୍ଚର ପରିମାଣ ନୁହେଁ। ଦୁଇ ପରିବାରର ସମ୍ମତିରେ ବିନା ଜାକଜମକରେ ବେଦ୍ ରୋଡ ଠାରେ ଥିବା ଏକ କମ୍ୟୁନିଟି ହଲ୍‌ରେ ଆୟୋଜିତ ହୋଇଥିଲା ବିବାହ। ସେଥିରେ କନ୍ୟାପକ୍ଷରୁ ପ୍ରାୟ ୫୦ ଜଣ ଓ ବର ପକ୍ଷରୁ ପ୍ରାୟ ୧୨୫ ରୁ ୧୫୦ ଜଣ ନିମନ୍ତ୍ରିତ ଅତିଥି ଯୋଗ ଦେଇଥିଲେ। ସମସ୍ତ ଅତିଥିଙ୍କୁ ଭୋଜିରେ ଦିଆଯାଇଥିଲା ଗୋଟିଏ ଗ୍ଲାସ ପାଣି ଓ କପେ ଚା। ଏପରି ବିବାହରେ ଅତିଥି ମାନେ ମଧ୍ୟ ପୂର୍ଣ୍ଣ ସମର୍ଥନ ଜଣାଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦକ୍ଷା ଓ ଭାରତଙ୍କ ଏହି ବିବାହକୁ ପ୍ରଶଂସା କରିଛନ୍ତି। ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ସେ କହିଛନ୍ତି ମୁଁ ଚାଏ ପେ ଚର୍ଚ୍ଚା ଆରମ୍ଭ କରିଥିଲି କିନ୍ତୁ ଏହି ଚା ଏବେ ବିବାହ ମଣ୍ଡପରେ ପହଞ୍ଚି ଗଲାଣି ଜାଣି ଖୁସି ଲାଗୁଛି।

## ଲାଭଦାୟକ ୱେବ୍‌ସାଇଟ୍

ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା



ମଧ୍ୟ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ୍ୟ ଉପଲବ୍ଧ କରେଇଥାଏ । ଏଠାରେ ଆପଣଙ୍କୁ ଭଲ ପାଉଥିବା ମାତା-ପିତା ମଧ୍ୟ ମିଳିଥାନ୍ତି । ଏହା ବ୍ୟତୀତ ଏହା ଏପରି ଏକମାତ୍ର ୱେବ୍‌ସାଇଟ୍ ଯାହା ଅନ୍ତଃବସ୍ତ୍ରକୁ ଭଡ଼ାରେ ଦେଇଥାଏ । ଯଦି ଆପଣ ଆପଣଙ୍କର ବୋରିଂନେସ୍‌କୁ ଦୂର କରିବାକୁ ଚାହୁଁଛନ୍ତି ତେବେ ଆବଶ୍ୟକ ହେଲେ ଏକ ଛୋଟ ସୁନ୍ଦର ଶିଶୁ ସହିତ ମଧ୍ୟ ସମୟ ଅତିବାହିତ କରିପାରିବେ । ଯଦି ଆପଣଙ୍କ ପାଖରେ ସମୟ ନାହିଁ କିମ୍ବା ଆପଣ ପିଲାଙ୍କ ସ୍କୁଲ ଘରପାଠ କରିବାରେ ସାହାଯ୍ୟ କରି ପାରୁନାହାନ୍ତି ତେବେ ଏହି ୱେବ୍‌ସାଇଟଟି ଆପଣଙ୍କ ପାଇଁ ଏପରି ଏକ ବ୍ୟକ୍ତି ଠିକ୍ କରିଦେବେ ଯିଏ ଆପଣଙ୍କ ପିଲାର ଘରପାଠ କରିବାରେ ମଧ୍ୟ ସାହାଯ୍ୟ କରିବ ।

## ଆଜିର ଭାଗ୍ୟ

**ମେଷ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

**ବୃଷ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**ମିଥୁନ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**କର୍କଟ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ସିଂହ** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**କନ୍ୟା** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ତୁଳା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ବିଛା** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**ଧନୁ** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ମକର** — ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**କୁମ୍ଭ** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**ମୀନ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

## ମୃତ୍ୟୁକୁ ନେଇ ଆତଙ୍କ



ଭୟଙ୍କର ଗାଁ ନାମ ଶୁଣିବା କ୍ଷଣି ମନରେ ଅନେକ ପ୍ରଶ୍ନ ଉଙ୍କି ମାରେ। କ'ଣ ପାଇଁ ଗାଁର ଏପରି ବିଚିତ୍ର ନାମ ରହିଛି ? ଏହା ପଛରେ ରହସ୍ୟ କ'ଣ ଜାଣିବାକୁ ମଧ ଜିଜ୍ଞାସା ଯାତ ହୋଇଥାଏ। ପଞ୍ଚାପୁରର ବଡଗାଁ ଭୟଙ୍କର ଗ୍ରାମ ଭାବେ ପ୍ରସିଦ୍ଧ। ଏହି ଗ୍ରାମରେ ଆଜିକୁ ୨୨ ବର୍ଷ ତଳେ ଜଣେ ବ୍ୟକ୍ତିର ମୃତ୍ତୁ ଘଟିଥିଲା। ବାଶ୍ ତା' ପରେ ବିଗତ ୨୨ ବର୍ଷର ଠାରୁ ପ୍ରତି ଦଶ ଦିନ ଅନ୍ତରରେ ପ୍ରତ୍ୟେକଙ୍କ ଘରୁ ଜଣେ ଲେଖାଏଁ ସଦସ୍ୟଙ୍କର ମୃତ୍ୟୁ ହେବାରେ ଲାଗିଛି। ଗ୍ରାମବାସୀମାନେ କେବଳ ଚିନ୍ତାରେ ରହିଥାନ୍ତି ଯେ, କାହାର ମୃତ୍ୟୁ ଘଟିଲା ଏବଂ ଏବେ ଆଉ କାହାର ପାଳି ପଡିବ। ଏହାକୁ ଗ୍ରାମବାସୀଙ୍କ ଦୁର୍ଭାଗ୍ୟ କୁହାଯିବ ନା ଅନ୍ଧବିଶ୍ୱାସ ନା ଆଉ କିଛି ? ବରିଷ୍ଠ ବ୍ୟକ୍ତି, ଡାକ୍ତର ଓ ଶିକ୍ଷକ ଏସବୁ ବିଶ୍ୱାସ କରିବାକୁ ବାଧ୍ୟ। କିଛି ରୋଗ ନଥାଇ ଆଖି ସାମନାରେ ଭଲ ଲୋକଙ୍କର ଏଠାରେ ମୃତ୍ୟୁ ହେବାରେ ଲାଗିଛି ।




# ଲବଣ ସତ୍ୟାଗ୍ରହ ସ୍ମାରକୀ ସମାରୋହ ଅନୁଷ୍ଠିତ



ଭୁବନେଶ୍ୱର (ପିଏନ୍): ଓଡ଼ିଶା ସରକାରଙ୍କ ସୂଚନା ଓ ଲୋକ ସମ୍ପର୍କ ବିଭାଗ ଏବଂ ଓଡ଼ିଆ ଭାଷା ସାହିତ୍ୟ ସଂସ୍କୃତି ବିଭାଗ ଓ ଉତ୍କଳ ସଂଗ୍ରାମୀ ସ୍ମୃତି ସମିତି କାକଟପୁରଙ୍କ ମିଳିତ ଆନୁକୂଲ୍ୟରେ ପୁରୀ ଜିଲ୍ଲାର ଅସ୍ତରଙ୍ଗ ବ୍ଲକ ନିକଟସ୍ଥ ସଂଗ୍ରାମୀ ସ୍ମୃତି ପୀଠ କୁହୁଡ଼ିଠାରେ ୯୨ ତମ ଲବଣ ସତ୍ୟାଗ୍ରହ ସ୍ମାରକୀ ସମାରୋହ ଗତ ୨୧ ତାରିଖ ଦିନ ପାଳିତ ହୋଇଯାଇଛି। ଏହି ସମାରୋହରେ ସର୍ବପ୍ରଥମେ ପ୍ରତ୍ୟୁଷରୁ ଅସ୍ତରଙ୍ଗ ବ୍ଲକ ପରିସରରେ ଥିବା ସଂଗ୍ରାମୀ ସ୍ମୃତିଶୀଳାଠାରୁ କୁହୁଡ଼ି ପର୍ଯ୍ୟନ୍ତ ଜାତୀୟ ସଂହତି ଓ ଏକତା ପଦଯାତ୍ରା ଆସିବା ପରେ କୁହୁଡ଼ି ସଂଗ୍ରାମୀ ପୀଠଠାରେ ଥିବା ମହାତ୍ମା ଗାନ୍ଧୀ ଓ ଗୋପବନ୍ଧୁଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟାର୍ପଣ କରାଯାଇ ଜାତୀୟ ପତାକା ଉତ୍ତୋଳନ ଓ ଜାତୀୟ ସଂହତି ଶପଥପାଠ କରାଯାଇଥିଲା। ଉତ୍କଳ ସଂଗ୍ରାମୀ ସ୍ମୃତି ସମିତିର ସଭାପତି ସୋମନାଥ ପାତ୍ରଙ୍କ ସଭାପତିତ୍ୱ ଓ ସଂଗ୍ରାମୀ ସ୍ମୃତି ସମିତିର କାର୍ଯ୍ୟକାରୀ ସଭାପତି ତଥା ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି କୃଷକ ସେଲ୍ ରାଜ୍ୟ ଅଧ୍ୟକ୍ଷ ଅମିୟ କୁମାର ପଟ୍ଟନାୟକଙ୍କ ପ୍ରତ୍ୟେକ୍ଷ ସଂଯୋଜନାରେ ଏହି ସ୍ମୃତି ଚାରଣ ସଭାରେ ଓଡ଼ିଶାର ବରେଣ୍ୟ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ୍ ଭର୍ଚୁଆଲ ମାଧ୍ୟମରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଦିବଂଗତ ସ୍ୱାଧୀନତା ସଂଗ୍ରାମୀମାନଙ୍କର ସ୍ମୃତି ଚାରଣ କରିବା ସହ ଲବଣ ସତ୍ୟାଗ୍ରହ ଇତିହାସରେ ସଂଗ୍ରାମୀମାନଙ୍କ ଭୂମିକା ଅତୁଳନୀୟ ବୋଲି ବର୍ଣ୍ଣନା କରିଥିଲେ। ଓଡ଼ିଶାର ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ, ପର୍ଯ୍ୟଟନ, ଓଡ଼ିଆ ଭାଷା ସାହିତ୍ୟ ସଂସ୍କୃତି ମନ୍ତ୍ରୀ ଶ୍ରୀଯୁକ୍ତ ଜ୍ୟୋତି ପ୍ରକାଶ ପାଣିଗ୍ରାହୀ, ବିଦ୍ୟାଳୟ ଓ ଗଣ ଶିକ୍ଷା ରାଷ୍ଟ୍ର ମନ୍ତ୍ରୀ ଶ୍ରୀଯୁକ୍ତ ସମୀର ରଞ୍ଜନ ଦାସ, ବିଶିଷ୍ଟ ଶିକ୍ଷାବିତ୍ ତଥା ମାନ୍ୟବର ସାଂସଦ ପ୍ରଫେସର ଅଚ୍ୟୁତ ସାମନ୍ତ ଓ ସୂଚନା ଲୋକ ସମ୍ପର୍କ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ବିଷ୍ଣୁପଦ ସେଠୀଙ୍କ ପ୍ରେରିତ ବାର୍ତ୍ତା ପଠନ କରାଯାଇଥିଲା। ଗାନ୍ଧୀ ବିଚାରକ ତଥା ଲେଖକ, ସୁସାହିତ୍ୟିକ ଶ୍ରୀଯୁକ୍ତ ଦାଶ ବେନହୁର୍ ଓ ଶ୍ରୀଯୁକ୍ତ ପ୍ରଦଲ୍ଲାଦ ସିଂହ ସମ୍ମାନୀତ ବକ୍ତା ଭାବେ ଯୋଗଦେଇ ସାମ୍ପ୍ରତିକ ସ୍ଥିତିରେ ଲବଣ ସତ୍ୟାଗ୍ରହ ପ୍ରାସଙ୍ଗିକତା ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ଓଡ଼ିଶାର ସୂଚନା ଓ ଲୋକ ସମ୍ପର୍କ ମନ୍ତ୍ରୀ ଶ୍ରୀ ରଘୁନନ୍ଦନ ଦାସ, କ୍ରୀଡ଼ା ଓ ଯୁବ ବ୍ୟାପାର ମନ୍ତ୍ରୀ ଶ୍ରୀଯୁକ୍ତ ତୁଷାରକାନ୍ତୀ ବେହେରା, ଜଗତସିଂହପୁର ଲୋକସଭା ସାଂସଦ ଡ. ରାଜଶ୍ରୀ ମଲ୍ଲିକ, ପୂର୍ବତନ ବିଧାୟକ ସୁରେନ୍ଦ୍ର ସେଠୀ, ରବି ମଲ୍ଲିକ, ପୁରୀ ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ସ୍ୱାଧୀନ କୁମାର ନାୟକ, ଅସ୍ତରଙ୍ଗ ପଞ୍ଚାୟତ ସମିତି ଅଧ୍ୟକ୍ଷା ଶ୍ରୀମତୀ ଆରତୀ ନାୟକ, ପୁରୀ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ସନ୍ତୋଷ କୁମାର ସେଠୀ, ବିଶିଷ୍ଟ ସମାଜସେବୀ ତଥା ଅସ୍ତରଙ୍ଗର ଯୁବନେତା ଦିବାକର ଛାଟୋଇ, କାକଟପୁର ପଞ୍ଚାୟତ ସମିତି ଅଧ୍ୟକ୍ଷ ଶ୍ରୀଧର ନାୟକ, ଅସ୍ତରଙ୍ଗ ତହସିଲଦାର ଶ୍ରୀମତୀ ରାଜଲକ୍ଷ୍ମୀ ନାୟକ, ସ୍ମୃତି କମିଟିର ସାଧାରଣ ସମ୍ପାଦକ ନିରଦ ବରଣ ମହାନ୍ତି, ପ୍ରମୁଖ ସ୍ମୃତି ଚାରଣ ସଭାରେ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଦିବଂଗତ ସ୍ୱାଧୀନତା ସଂଗ୍ରାମୀମାନଙ୍କୁ ଶ୍ରଦ୍ଧାସୁମନ ଅର୍ପଣ କରିବା ସହ କୁହୁଡ଼ି ଲବଣ ସତ୍ୟାଗ୍ରହ ଇତିହାସର ସ୍ମୃତି ଚାରଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସ୍ମୃତି କମିଟିର ମୁଖ୍ୟ ସଂଯୋଜକ ପଣ୍ଡିତ କାଳିନ୍ଦୀ ଚରଣ ଛାଟୋଇ, ଉପଦେଷ୍ଟା ଗୋଲକ ଚରଣ ମହାନ୍ତି, ପ୍ରମୋଦ କୁମାର ନାୟକ, ସ୍ଥାନୀୟ ସରପଞ୍ଚ ରାମଚନ୍ଦ୍ର କାଣ୍ଡି, ସ୍ମୃତି କମିଟିର ସଦସ୍ୟ ତଥା ଯୁବ ଆଇନଜୀବୀ ଚିତ୍ତ ରଞ୍ଜନ କର, ରବିନ୍ଦ୍ର କୁମାର ମହାନ୍ତି, ସତ୍ୟବ୍ରତ ଲେଙ୍କା, କ୍ଷୀରୋଦ ମହାନ୍ତି, ହୃଷିକେଶ ରାଉତ, ମହେଶ୍ୱର ନାୟକ, ଭୋଳାନାଥ ସ୍ୱାଇଁ, ସ୍ଥାନୀୟ ପ୍ରଧାନ ଶିକ୍ଷକ ତରୁଣ କୁମାର ନାୟକ, ସମାଜସେବୀ କୃଷ୍ଣଚନ୍ଦ୍ର ନାୟକ, ସ୍ଥାନୀୟ ନାଏବ ସରପଞ୍ଚ ଅର୍ଜୁନ ମଲ୍ଲିକ, ପବିତ୍ର ସ୍ୱାଇଁ ପ୍ରମୁଖ ବହୁ ବୁଦ୍ଧିଜୀବୀ ଓ କୁହୁଡ଼ି ଗ୍ରାମବାସୀବୃନ୍ଦ ଉପସ୍ଥିତ ରହି ସଭାକାର୍ଯ୍ୟକୁ ସାଫଲ୍ୟ ମଣ୍ଡିତ କରିଥିଲେ। ଓଡ଼ିଶା ସରକାରଙ୍କ ସଂସ୍କୃତି ବିଭାଗ ତରଫରୁ ସୁନାମଧନ୍ୟ କଣ୍ଠଶିଳ୍ପୀ ଶ୍ରୀ ନାରାୟଣ ରଥ, ଅନାଥ ବନ୍ଧୁ ମୁଦୁଲି ଓ କେନ୍ଦ୍ର ସରକାରଙ୍କ ସୂଚନା ଓ ପ୍ରସାରଣ ମନ୍ତ୍ରାଳୟର ଓଡ଼ିଶାର ଆଞ୍ଚଳିକ କେନ୍ଦ୍ରଦ୍ୱାରା ଦେଶାତ୍ମବୋଧକ ଭଜନ, ବନ୍ଦେ ମା ତରମ୍ ଓ ରାମଧୂନ୍ ପରିବେଷଣ କରାଯାଇଥିଲା। ଏହି ଅବସରରେ ସଂଗ୍ରାମୀ ସ୍ମୃତି କମିଟି ତରଫରୁ ୬ଜଣ ସ୍ୱାଧୀନତା ସଂଗ୍ରାମୀ ଓ ସମାଜସେବୀଙ୍କ ସୁଯୋଗ୍ୟ ଦାୟାଦମାନଙ୍କୁ ମରୋଣତ୍ତର ସମ୍ମାନ ପ୍ରଦାନ କରାଯାଇଥିଲା। ପରିଶେଷରେ ସ୍ମୃତି କମିଟି ପକ୍ଷରୁ କୁହୁଡ଼ି ଲବଣ ସତ୍ୟାଗ୍ରହ ପୀଠର ସାମଗ୍ରୀକ ବିକାଶ ପାଇଁ ସ୍ମୃତି କମିଟିର କାର୍ଯ୍ୟକାରୀ ସଭାପତି ଶ୍ରୀ ଅମିୟ କୁମାର ପଟ୍ଟନାୟକ ଓଡ଼ିଶା ସରକାରଙ୍କ ସୁବିଚାର ପାଇଁ ୧୩ ଦଫା ସମ୍ବଳିତ ଏକ ଦାବୀପତ୍ର ସଭାମଞ୍ଚରେ ପଠନ କରିଥିଲେ।

# ଶଙ୍ଖଚିଲା ମା' ହିଙ୍ଗୁଳାଙ୍କ ଯଜ୍ଞ ଭସ୍ମ ବିସର୍ଜନ




ଯାଜପୁର (ପିଏନ୍): କୋରେଇ ବ୍ଲକ ଶଙ୍ଖଚିଲା ଗ୍ରାମର ମା' ହିଙ୍ଗୁଳା ଦେବୀଙ୍କ ୯୧ତମ ବାର୍ଷିକ ଯଜ୍ଞ ଉତ୍ସବ ଗତ ମାସ ୧୫ ତାରିଖରୁ ଆରମ୍ଭ ହୋଇ ୧୮ ରିଖରେ ପୂର୍ଣ୍ଣାହୂତି କରାଯାଇଥିଲା। ଗତ ମାସ ୨୩ ତାରିଖ ଶନିବାର ଯଜ୍ଞ ଭସ୍ମ ଦେବୀ ପୀଠ ଶଙ୍ଖଚିଲାରୁ ନାମ ସଂକୀର୍ତ୍ତନ, ଲହୁଡ଼ି ଖେଳ, ତେଲିଙ୍ଗି ବାଜା ସହିତ ଶହ ଶହ ନରନାରୀ ହରିବୋଲ ହୁଳ ହୁଳି, ଶଙ୍ଖ ଧ୍ୱନୀ ସହିତ ଏକ ଶୋଭାଯାତ୍ରାରେ ଗାନ୍ଧିଛକ, ହାବେଳି ବଜାର, ଦେବୀଗଡ଼ା ଘାଟ ଦେଇ ଦଶ୍ୱାଶ୍ୱମେଧ ପବିତ୍ର ଘାଟରେ ମୁଖ୍ୟ ପୂଜକ ଶ୍ରୀ ରବିନ୍ଦ୍ର କୁମାର ହୋତା ପ୍ରମୁଖ ପୂଜା ଅର୍ଚ୍ଚନା କରିବା ପରେ ବୈତରଣୀ ନଦୀରେ ବିସର୍ଜନ କରାଯାଇଥିଲା। ରାସ୍ତାରେ ଗଲା ବେଳେ ବହୁ ଶ୍ରଦ୍ଧାଳୁ ଶୋଭାଯାତ୍ରୀ କାରୀଙ୍କୁ ପାନୀୟ ସେବା ପ୍ରଦାନ କରିଥିଲେ। ବିସର୍ଜନ ପରେ ସମସ୍ତ ଭକ୍ତ ମା'ବିରଜା ମନ୍ଦିରକୁ ଦର୍ଶନ ପାଇଁ ଆସିଥିଲେ। ଶ୍ରୀ ବିରଜା ମଣ୍ଡଳ ତୈଳିକ ବୈଶ୍ୟ ମହାସଭାର ସଭାପତି ପାଣ୍ଡବ ସାହୁ ଗାନ୍ଧୀ ଛକରେ ତାଙ୍କୁ ସ୍ୱାଗତ କରିବା ସହିତ ବିରଜାଙ୍କ ଦର୍ଶନ ପରେ ସମସ୍ତ ଭକ୍ତଙ୍କୁ ଥାଣ୍ଡା ପାନୀୟ ବଣ୍ଟନ କରିଥିଲେ। ଉକ୍ତ କାର୍ଯ୍ୟକ୍ରମକୁ ସମ୍ପାଦକ କୃଷ୍ଣ ଚନ୍ଦ୍ର ସାହୁ (ବାବୁଲି), ଅନନ୍ତ ଚରଣ ମଲ୍ଲିକ, ବଳରାମ ସାହୁ, ବାଇଧର ନାୟକ, ଦଶରଥ ନାୟକ, ବିମ୍ବାଧର ସାହୁ, ପ୍ରଦ୍ୟୁମ୍ନ ସାହୁ, କୃଷ୍ଣଚନ୍ଦ୍ର ମହାକୁଳ ତତ୍‌ସହିତ କମିଟିର ସଭ୍ୟସଭ୍ୟାବୃନ୍ଦ କାର୍ଯ୍ୟକ୍ରମକୁ ପରିଚାଳନାରେ ସହଯୋଗ କରିଥିଲେ।

## ଯାଜପୁର ଇସ୍କନ ମନ୍ଦିର ଆନୁକୁଲ୍ୟରେ ନଗର ଭ୍ରମଣ

ଯାଜପୁର (ପିଏନ୍): ଯାଜପୁର ସହର ଲାଖବିନ୍ଧ ସ୍ଥିତ ଇସ୍କନ ମନ୍ଦିରର ମୁଖ୍ୟ ପରିଚାଳକ ହରିଭୂଷଣ ଦାଶଙ୍କ ତତ୍ୱାବଧାନରେ ବାହାରି ଶ୍ରୀ ପ୍ରଭୁପାଦଙ୍କ ସ୍ମରଣ ତଥା ୟୁକ୍ରେନ ଯୁଦ୍ଧ ଓ କରୋନା ଦେଶରୁ ଅପସରିଯିବା ନିମନ୍ତେ ସହର ପରିକ୍ରମା କରିଥିଲେ। ବହୁ ଶ୍ରଦ୍ଧାଳୁ ଭକ୍ତ ଓ ନରନାରୀ ଯୋଗଦେଇ ହରିବୋଲ, ହୁଳହୁଳି ଓ ଶଙ୍ଖର ପ୍ରତିଧ୍ୱନିରେ ସହର ପ୍ରକମ୍ପିତ ହୋଇଥିଲା। ଉକ୍ତ ନଗର କିର୍ତ୍ତନ ଲାଖ ବିନ୍ଧା ଇସ୍କନ ମନ୍ଦିରରୁ ବାହାରି ମା'ବିରଜା ମନ୍ଦିର, ଅଠରନଳା, ଗରିଆପୁର, ମାର୍କେଟ ଛକ ଦେଇ ବରାହ ମନ୍ଦିରରେ ପହଞ୍ଚିଥିଲା। ରାସ୍ତାରେ ପରିକ୍ରମା କଲା ବେଳେ ବହୁ ଶ୍ରଦ୍ଧାଳୁ ଇସ୍କର ଶୋଭାଯାତ୍ରୀ ସ୍ୱାଗତ କରିବା ସଙ୍ଗେ ସଙ୍ଗେ ଥଣ୍ଡା ପାନୀୟ ପ୍ରଦାନ କରିଥିଲେ। ଉକ୍ତ ସଂକୀର୍ତ୍ତନ ବରାହ ମନ୍ଦିରରେ ପହଞ୍ଚି ପରେ ଭକ୍ତମାନଙ୍କ ମଧ୍ୟରେ ପ୍ରସାଦ ବଣ୍ଟନ କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମକୁ ପାଣ୍ଡବ ସାହୁ, ନରେଶ ଚନ୍ଦ୍ର ରାଉତ, ବିଶ୍ୱମୋହନ ପତି, ଭରତ ଚନ୍ଦ୍ର ସାହୁ, ସୁବୋଧ ଜେନା, ଶ୍ରୀଧର ଦାଶ, ବିଜୟ ନାୟକ, ଭଗବାନ ରଣା, ଜନାର୍ଦ୍ଦନ ନାୟକ, ଝରଣା ଦେହୁରୀ, ଉର୍ମିଳା ଧଳ, ଦେବେନ୍ଦ୍ର ମହାନ୍ତି ପ୍ରମୁଖ ସଭ୍ୟସଭ୍ୟମାନେ ପରିଚାଳନାରେ ସହଯୋଗ କରିଥିଲେ।

## ଭାରତୀୟ ପୂର୍ବତନ ଜୱାନ ଗୁରୁତର ଅସୁସ୍ଥ, ଧର୍ମପତ୍ନୀ ଜନତାଙ୍କୁ କଲେ ମିନତି



ଗୋଳାବନ୍ଧ (ପିଏନ୍): କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ ବାଣକାଣ୍ଡ ଗ୍ରାମର ପୂର୍ବତନ ଯବାନ କ୍ଷୀରୋଦ କୁମାର ମିଶ୍ର ଏକ ସଡକ ଦୁର୍ଘଟଣାରେ ଗୁରୁତର ଅସୁସ୍ଥ ଥିବାରୁ ତାଙ୍କ ଧର୍ମପତ୍ନୀ ସ୍ୱାଗତିକା ମିଶ୍ର ପ୍ରତ୍ୟେକ ନାଗରିକଙ୍କୁ ଆକୁଳ ନିବେଦନ କରିଛନ୍ତି ସାହାଯ୍ୟ ଓ ପ୍ରାର୍ଥନା କରିବା ପାଇଁ। ସେ କହିଛନ୍ତି ଭଗବାନ କାହାରି ଜଣକ ଡାକ ଶୁଣି ହେଲେ ତାଙ୍କ ସ୍ୱାମୀଙ୍କୁ ବଞ୍ଚାଇ ଦେବେ। ସୂଚନା ଅନୁସାରେ ଗତ ମାସ ୫ ତାରିଖରେ ଘଟଗାଁରୁ କେନ୍ଦୁଝର ଯାଉଥିଲେ କ୍ଷୀରୋଦ। ରାସ୍ତାରେ ଏକ ଫୋନ୍ କଲ ଆସିବାରୁ ରାସ୍ତାକଡରେ ଗାଡି ଛିଡା କରି ଫୋନ୍‌ରେ କଥା ହେଉଥିଲେ। ସେହି ସମୟରେ ଏକ ମଦ୍ୟପ ଟ୍ରକ୍ ଡ୍ରାଇଭର କ୍ଷୀରୋଦଙ୍କୁ ବାଡେଇ ଦେଇଥିଲା। ସେହିଦିନଠାରୁ ଭୁବନେଶ୍ୱରର ଏକ ଘରୋଇ ଡାକ୍ତରଖାନାରେ କ୍ଷୀରୋଦ ଚିକିତ୍ସିତ ହେଉଛନ୍ତି। ସେ ଆର୍ମିରେ ୧୦ ବର୍ଷ ଚାକିରୀ କରିଥିବା ବେଳେ ଦେହ ଅସୁସ୍ଥତା କାରଣରୁ ଚାକିରୀ ଛାଡିଦେଇଥିଲେ। ତେଣୁ ସେ ଏବେ ପେନସନ୍ ମଧ୍ୟ ପାଉନାହାଁନ୍ତି। ପାଖାପାଖି ଏକମାସ ଆଇସିୟୁରେ ରହିବାରୁ ଏବଂ ଅର୍ଥ ଅଭାବରୁ ତାଙ୍କ ପତ୍ନୀ ଅସହାୟ ହୋଇପଡିଛନ୍ତି। ତେଣୁ ସେ ପ୍ରତ୍ୟେକ ନାଗରିକଙ୍କୁ ନିବେଦନ କରିଛନ୍ତି ଯେ ସମସ୍ତେ ଭଗବାନଙ୍କ ନିକଟରେ ତାଙ୍କ ସ୍ୱାମୀଙ୍କ ଆରୋଗ୍ୟ ନିମନ୍ତେ ପ୍ରାର୍ଥନା କରିବାକୁ ଏବଂ ସକ୍ଷମ ଅନୁସାରେ କିଛି ଆର୍ଥିକ ସାହାଯ୍ୟ କରିବାକୁ। କ୍ଷୀରୋଦ ମିଶ୍ରଙ୍କ ଫୋନ୍ ପେ ନଂ ୯୦୭୮୨୭୯୪୪୧ରେ ସାହାଯ୍ୟ କରିବାକୁ ଅନୁରୋଧ କରିଛନ୍ତି।

# ସ୍ୱାଧୀନତା ସଂଗ୍ରାମର ଅନନ୍ୟ ବିପ୍ଳବୀ: ନୀଳମଣି ରାଉତରାୟ



ପରାଧିନତାର କଳାବାଦଲ ପବିତ୍ର ଭାରତମାତାକୁ କରାୟତ କରିଥାଏ। ଉଜ୍ଜ୍ୱଳମାନ ପ୍ରଚଣ୍ଡ ସୂର୍ଯ୍ୟ ରାହୁଗ୍ରସ୍ତ। ପିଡିତ, ଲାଂଛିତ, ନିଷ୍ପେସିତ, ଅବହେଳିତ ଭାରତୀୟମାନଙ୍କର କରୁଣ ଆର୍ତ୍ତ ଚିତ୍କାର ବିଦେଶୀ ଶାସକଙ୍କ ନିଦକୁ ହଜାଇ ଦେଉଥାଏ। ଲୋକଙ୍କ ମନରେ ସ୍ୱାଧିନତାର ବହ୍ନି ପ୍ରଜ୍ୱଳିତ। ଖୋର୍ଦ୍ଧାଗଡ଼ର ପାଇକ ବିଦ୍ରୋହ ସିପାହୀ ବିଦ୍ରୋହ ପରେ ପରେ ଦେଶର ସବୁ ସ୍ଥାନରେ ସ୍ୱାଧୀନତା ସଂଗ୍ରାମ। ଏହିପରି ଏକ ମୁହୂର୍ତ୍ତରେ ବାଲେଶ୍ୱର (ଭଦ୍ରକ) ଜିଲ୍ଲା ତିହିଡି ଥାନା ଅନ୍ତର୍ଗତ ମୁକୁନ୍ଦପୁର ଗ୍ରାମର ଚନ୍ଦ୍ରଶେଖର ରାଉତରାୟ ଓ ମା' କୋଇଲି ଦେବୀଙ୍କ ଅଷ୍ଟମ ଗର୍ଭରେ ୧୯୨୦ ମସିହା ମଇ ୨୪ ତାରିଖରେ ଏକ ସ୍ୱଚ୍ଛଳ ପରିବାରରେ ଜନ୍ମ ଗ୍ରହଣ କଲେ ମହାନ୍ ବିପ୍ଳବି ଜନନାୟକ ନୀଳମଣି। ଅକାଳରେ ମା'କୁ ହରାଇ ନୀଳମଣି ସାବତ ମା ଓ ବଡ଼ ଭଉଣୀମାନଙ୍କର ଯତ୍ନରେ ବଡ଼ହେଲେ। ପ୍ରାଥମିକ ଶିକ୍ଷା ପାଖ ଗାଁ ଝିଙ୍କିରିଆ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଆରମ୍ଭ ହୋଇଥିଲା। ତା'ପରେ ତାଙ୍କ ଭିଣୋଇଙ୍କ ପାଖରେ ରହି ବାଲେଶ୍ୱର ଜୁବୁଲି ମଧ୍ୟ ଇଂରାଜୀ ସ୍କୁଲରେ ପାଠ ପଢ଼ିଲେ। ତାଙ୍କ ବଡ଼ଭାଇ ହରେକୃଷ୍ଣଙ୍କ ବନ୍ଧୁ ପ୍ରଧାନ ଶିକ୍ଷକ ଉଦୟ ନାରାୟଣ ମହାନ୍ତିଙ୍କ ତତ୍ୱାବଧାନରେ ନାରାୟଣଚନ୍ଦ୍ର ମଧ୍ୟ ଇଂରାଜୀ ବିଦ୍ୟାଳୟର ଛାତ୍ରାବାସରେ ରହି ସେ ମାଇନର ପାଠ ଓ ଭଦ୍ରକ ହାଇସ୍କୁଲର ପାଠ ଶେଷ କରିଥିଲେ।

ଜନ୍ମରୁ ନୀଳମଣି ଦରଦୀ, ସ୍ୱାଧୀନଚେତା ଓ ପରୋପକାରୀ ଥିଲେ। ବିଦ୍ୟାଳୟରେ ପଢ଼ିବା ସମୟରେ ବିହାରରେ ହୋଇଥିବା ଭୂମିକମ୍ପର ପିଡିତ ମାନଙ୍କ ସାହାଯ୍ୟ ନିମନ୍ତେ ଅର୍ଥ ସଂଗ୍ରହ କରି ପଠାଇଥିଲେ। ୧୯୩୦ ମସିହାରେ ସ୍ୱାଧୀନତା ସଂଗ୍ରାମର ଏକ ଗୁରୁତ୍ୱପୂର୍ଣ୍ଣ ପର୍ଯ୍ୟାୟ ଥିଲା ଲବଣ ଆନ୍ଦୋଳନ ବା ଦରିଆ ଦଖଲ ଆନ୍ଦୋଳନ। ଏହି ଆନ୍ଦୋଳନ ନୀଳମଣିଙ୍କ ଉପରେ ଗଭୀର ପ୍ରଭାବ ପକାଇଥିଲା। ଝିଙ୍କିରିଆର ସଂଗ୍ରାମୀ ଭାଗବତ ସାହୁଙ୍କୁ ପୋଲିସ୍ ହାତକଡା ପକାଇ ନେବାର ଦୃଶ୍ୟ ନୀଳମଣିଙ୍କ ମନରେ ଗଭୀର ରେଖାପାତ କଲା। ସେ ବିଦେଶୀ ଶାସନ ବିରୁଦ୍ଧରେ ସ୍ୱର ଉତୋଳନ କଲେ। ସାଙ୍ଗମାନଙ୍କୁ ଧରି ଗାଁ ପଡିଆରେ ଲୁଣମାରି ଲୁଣ ପୁଡିଆଙ୍କୁ ଗାଁ ଗାଁ ବୁଲି ବାଂଟିଲେ। ଗାନ୍ଧିଙ୍କ ଡାକରାରେ କଂଗ୍ରେସର ନିଶାନିବାରଣ କାର୍ଯ୍ୟକ୍ରମରେ ଯୋଗ ଦେଉଥିବା ସମସ୍ତ କଂଗ୍ରେସ କର୍ମୀମାନଙ୍କୁ ପୋଲିସ୍ ଗିରଫ କରି ଭଦ୍ରକ ପର୍ଯ୍ୟନ୍ତ ଚଲାଇ ଚଲାଇ ନେଲେ। ନୀଳମଣି ତାଙ୍କର ସହଯୋଗୀ ବାନରସେନାଙ୍କୁ ଧରି ସତ୍ୟାଗ୍ରହୀ କର୍ମୀମାନଙ୍କ ପଛେ ପଛେ ଧ୍ୱନି ଦେଇ ନଅ ମାଇଲ ବାଟ ଚାଲି ଚାଲି ଯିବାରୁ ପୋଲିସ୍ ନୀଳମଣିଙ୍କୁ ଗିରଫ କରି ନେଇ ଭଦ୍ରକ ଜେଲକୁ ସତ୍ୟାଗ୍ରହୀମାନଙ୍କ ସହିତ ପଠାଇଦେଲା। ଗାଁରୁ ବାପା ଓ କଲିକତାରୁ ଭାଇ ଆସି ଭଦ୍ରକରେ ପହଁଚିଲେ। ୧୦ ଦିନ ଜେଲଦଣ୍ଡ ଭୋଗିବା ପରେ ହାକିମ ନୀଳମଣିଙ୍କୁ ଛୋଟ ପିଲା ହୋଇଥିବାରୁ ଖଲାସ୍ କରିଦେଲେ।

ଭଦ୍ରକ ସହରର କୁଆଁସ ପଡିଆରେ ଗୋଟିଏ କଂଗ୍ରେସ ସଭାକୁ ମାଜିଷ୍ଟ୍ରେଟ ନିଷିଦ୍ଧ ଘୋଷଣା କରି ସହରରେ ୧୪୪ ଧାରା ଜାରି କଲେ। ନୀଳମଣି ସ୍କୁଲ ପରେ କିଛି ସାଙ୍ଗସାଥୀଙ୍କୁ ଧରି କୁଆଁସ ପଡ଼ିଆକୁ ଚାଲିଲେ। ସେଠାରେ ଦେଖିଲେ ବହୁ ଲୋକ ଅଛନ୍ତି କିନ୍ତୁ କେହି ନେତା ନଥିବାରୁ ସଭାକାର୍ଯ୍ୟ ହୋଇପାରିଲା ନାହିଁ। ଛାତ୍ରମାନେ ନୀଳମଣିଙ୍କୁ ସଭାପତି ପରି ସଭାକାର୍ଯ୍ୟ ଚଳାଇଲେ। ପୋଲିସ୍ ଫଉଜ ଆସି ସବୁ ଛାତ୍ରଙ୍କୁ ଗିରଫ କରିନେଲେ। ଗିରଫ ଛାତ୍ରଙ୍କ ମଧ୍ୟରେ ଥିଲେ ମାଜିଷ୍ଟ୍ରେଟଙ୍କ ପୁଅ। ତେଣୁ ମାଜିଷ୍ଟ୍ରେଟ ନିଜେ ଥାନାକୁ ଆସି ସବୁ ପିଲାଙ୍କୁ ଛାଡି ଦେଇ କେବଳ ନୀଳମଣିଙ୍କୁ ଜେଲ ପଠାଇଦେଲେ। ନୀଳମଣିଙ୍କ ବାପା ଓ ଭାଇ ଆସି ମୁଚାଲିକା ଲେଖି ନୀଳମଣିଙ୍କୁ ଖଲାସ କରାଇଲେ। ୧୯୩୪ ମସିହାରେ ଗାନ୍ଧିଜୀ ହରିଜନ ପଦଯାତ୍ରା କରି ଭଦ୍ରକର ସାଳନ୍ଦୀ ନଦୀକୂଳରେ ଜୀବରାମଜୀଙ୍କ ଆଶ୍ରମରେ ରହିବା ସମୟରେ ନୀଳମଣିଙ୍କୁ ମିଳିଗଲା ଗାନ୍ଧିଜୀଙ୍କୁ ତାଳପତ୍ର ପଙ୍ଖାରେ ବିଂଚିବାର ସୁଯୋଗ। ପ୍ରଥମ ଥର ଗାନ୍ଧୀଙ୍କ ସଂସ୍ପର୍ଶରେ ଆସିବାରୁ ସେ ନିଜକୁ ଭାଗ୍ୟବାନ୍ ବୋଲି ମନେକଲେ। ସେହି ଦିନଠାରୁ ସ୍ୱାଧୀନତା ଆନ୍ଦୋଳନ କାର୍ଯ୍ୟକ୍ରମରେ ସକ୍ରିୟ ଅଂଶ ଗ୍ରହଣ କରୁଥିଲେ। ଜାନୁଆରୀ ୨୬ ତାରିଖ ଦିନ ଘରେ ଘରେ ତ୍ରିରଙ୍ଗା ପତାକା ଉଡାଇବାକୁ କଂଗ୍ରେସ ପକ୍ଷରୁ ସ୍ଥିର କରାଗଲା। ଭଦ୍ରକ ହାଇସ୍କୁଲକୁ ଲାଗି ଦେଓ୍ୱାନୀ ଅଦାଲତ କୋଠାରେ ସରକାରୀ ପତାକା ବଦଳରେ କଂଗ୍ରେସର ତ୍ରିରଙ୍ଗା ପତାକା ଉଡୁଥିବା ଦେଖାଗଲା। ଚାରିଆଡେ ଚହଳ ପଡିଗଲା। ଟିକି ବିପ୍ଳବୀ ନୀଳମଣିର ଏ କାମ। ସରକାରୀ ମହଲରେ ନୀଳମଣି ପତାକା ଉଡାଇଥିବା ସନ୍ଦେହ କରାଯାଇ ଛାତ୍ରାବାସରେ ଖାନତଲାସ୍ ହେଲା। ମାତ୍ର ପୋଲିସ୍ କିଛି ଟେର୍ ପାଇନଥିଲା।

ଟିକି ବିପ୍ଳବୀ ନୀଳମଣି ୧୯୩୬ ମସିହାରେ ଭଦ୍ରକ ହାଇସ୍କୁଲରୁ ମାଟ୍ରିକ ପାସ୍ କରି ରେଭେନ୍ସା କଲେଜରେ ବି.ଏ. ଶ୍ରେଣୀରେ ନାମ ଲେଖାଇ ଇଷ୍ଟ୍ ହଷ୍ଟେଲରେ ରହି ପାଠପଢ଼ିଲେ। ସେ ସମୟରେ ଡଃ ପ୍ରାଣକୃଷ୍ଣ ପରିଜା ଥାଆନ୍ତି ରେଭେନ୍ସା କଲେଜର ଅଧ୍ୟକ୍ଷ। ନୀଳମଣି ଛାତ୍ର ଅବସ୍ଥାରେ ପ୍ରଦେଶ କଂଗ୍ରେସ କର୍ମକର୍ତାମାନଙ୍କ ସହିତ ଭଲ ସଂପର୍କ ରଖି କଂଗ୍ରେସ ଦଳର ସ୍ୱେଚ୍ଛାସେବକ ଭାବେ ସବୁ ସଭାସମିତିରେ ଯୋଗ ଦେଉଥିଲେ। ନୀଳମଣି ଦାବି କଲେ ଯେ, ଛାତ୍ର ୟୁନିୟନର ସଭାପତି ଅଧ୍ୟକ୍ଷ ନହୋଇ ଛାତ୍ରମାନଙ୍କ ମଧ୍ୟରୁ ନିର୍ବାଚିତ ହେବା ଉଚିତ୍। ପରିଶେଷରେ ଛାତ୍ରମାନେ ନିର୍ବାଚନ ମାଧ୍ୟମରେ ୟୁନିୟନର ସଭାପତି ଓ କର୍ମକର୍ତା ନିର୍ବାଚନ କଲେ। ମନମୋହନ ମିଶ୍ର ରେଭେନ୍ସା କଲେଜ ଛାତ୍ର ୟୁନିୟନର ପ୍ରଥମ ସଭାପତି ଭାବେ ନିର୍ବାଚିତ ହେଲେ। ୧୯୩୮ ମସିହାରେ ଟିକି ବିପ୍ଳବୀ ଛାତ୍ରସଂଘର ସଂପାଦକ ଭାବେ ଧର୍ମଘଟ, ଧାରଣା, ସଭା ଓ ଶୋଭାଯାତ୍ରା ଆୟୋଜନ କରିଥିଲେ। ଗୋରା ଅଧ୍ୟକ୍ଷକଙ୍କ ଆଦେଶକୁ ଅମାନ୍ୟ କରି ନୀଳମଣି ଛାତ୍ରମାନଙ୍କୁ ଧରି କଟକ ମେଡିକାଲ ସ୍କୁଲ କୋଠା ଉପରେ ଜାତୀୟ ପତାକା ଉତୋଳନ କଲେ।

ସେ ସମୟରେ ଆଇନ କଲେଜ ରେଭେନ୍ସା କଲେଜରେ ଚାଲୁଥିଲା। ଆଇନ କଲେଜର ଅଧ୍ୟକ୍ଷ ଜେ.ଏନ୍. ବାନାର୍ଜୀ ତାଙ୍କର ସ୍ୱତନ୍ତ୍ର କ୍ଷମତା ଅଧିକାର ପଦ ମର୍ଯ୍ୟାଦା ସଂପର୍କରେ ସରକାରକୁ ଜଣାଇଲେ। ସରକାର ଗ୍ରହଣ ନକରିବାରୁ ବାନାର୍ଜୀ ଅଧ୍ୟକ୍ଷ ପଦରୁ ଇସ୍ତଫା ଦେଇଦେଲେ। ବାନାର୍ଜୀଙ୍କୁ ସମର୍ଥନ କରି ଛାତ୍ରସଂଘ ଧର୍ମଘର ଆରମ୍ଭ କଲେ। ଏହି ଧର୍ମଘଟର ନେତୃତ୍ୱ ନୀଳମଣି ନିଜେ ନେଇ ଆଇନ କଲେଜ ଅଧ୍ୟକ୍ଷଙ୍କୁ ସ୍ୱତନ୍ତ୍ର ମର୍ଯ୍ୟାଦା ଦେବାପାଇଁ ଦାବି କରିଥିଲେ। ହରେକୃଷ୍ଣ ମହତାବଙ୍କ ମଧ୍ୟସ୍ଥତାରେ ଛାତ୍ର ପ୍ରତିନିଧିମାନେ ପ୍ରଧାନମନ୍ତ୍ରୀ ବିଶ୍ୱନାଥ ଦାସଙ୍କ ସହ ଆଲୋଚନା କରି ବିଫଳ ହେଲେ। ଛାତ୍ର କ୍ରିୟାନୁଷ୍ଠାନ କମିଟି ଓ ଛାତ୍ରସଂଘର ମିଳିତ ଧର୍ମଘଟ ଅନ୍ୟ କଲେଜକୁ ବ୍ୟାପିଲା। ଛାତ୍ରମାନଙ୍କ ଉପରେ ଦଣ୍ଡମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଗଲା। ଛାତ୍ରମାନଙ୍କୁ ଜେଲରୁ ଖଲାସ ଓ ସେମାନଙ୍କ ବିରୁଦ୍ଧରେ ଥିବା ମୋକଦ୍ଦମା ନ ଉଠାଇବା ପର୍ଯ୍ୟନ୍ତ ଧର୍ମଘଟ ଓ ଆନ୍ଦୋଳନ ଚାଲୁ ରହିଲା। ଶେଷରେ ସରକାର ଛାତ୍ରମାନଙ୍କ ଦାବିଗୁଡିକୁ ଗ୍ରହଣ କଲାପରେ ଆନ୍ଦୋଳନ ବନ୍ଦ ହୋଇଥିଲା। ନୀଳମଣି ଛାତ୍ର ଆନ୍ଦୋଳନରେ ବହୁବାର ଜେଲ ଯାଇଥିଲେ।

୧୯୪୦ ମସିହା ଜାନୁଆରୀ ୨୬ ତାରିଖକୁ ସ୍ୱାଧୀନତା ଦିବସ ରୂପେ ପାଳନ କରିବା ପାଇଁ ଜାତୀୟ କଂଗ୍ରେସ ପକ୍ଷରୁ ସ୍ଥିର ହୋଇଥିଲା। ଏହି ସ୍ୱାଧୀନତା ଦିବସ ପାଳନ ପାଇଁ ଅଧ୍ୟକ୍ଷ ଡଃ. ପ୍ରାଣକୃଷ୍ଣ ପରିଜା ଅନୁମତି ଦେଇନଥିଲେ। ଛାତ୍ରନେତା ନୀଳମଣି ଓ ବିବୁଧେନ୍ଦ୍ର ମିଶ୍ରଙ୍କ ସହିତ ଅନ୍ୟ ଛାତ୍ରମାନେ ମହାସମାରୋହରେ ସ୍ୱାଧୀନତା ଦିବସ ପାଳନ କଲେ। ସଭାପତି ଭାବେ ନୀଳମଣି ଜାତୀୟ ପତାକା ଉତୋଳନ କଲେ। ନୀଳମଣି ଭାରତମାତାଙ୍କୁ ବିଦେଶୀ ଶାସନ କବଳରୁ ମୁକ୍ତ କରିବା ପାଇଁ ଆହ୍ୱାନ କରିଥିଲେ। ଏହାପରେ ଛାତ୍ରମାନଙ୍କ ଉପରେ ପୋଲିସ୍‌ର ଦମନ ଲୀଳା ଆରମ୍ଭ ହୋଇଗଲା। ବହୁ ଛାତ୍ର ଗିରଫ ହେଲେ। ନୀଳମଣି ଓ ବିବୁଧେନ୍ଦ୍ର ଉପରେ ୨୫ ଟଙ୍କା ଲେଖାଁଏ ଜୋରିମାନା ଓ କ୍ଷମା ପ୍ରାର୍ଥନା କରିବାକୁ ଅଧ୍ୟକ୍ଷ ପରୱାନ ଜାରି କଲେ। ଛାତ୍ରସଂଘ ଅନ୍ୟାୟ ଆଦେଶର ପ୍ରତିବାଦ କରି ଆନ୍ଦୋଳନ କରିବା ଓ ପରୀକ୍ଷା ବର୍ଜନ କରିବା ପାଇଁ ନିଷ୍ପତି ନେଲା। ରେଭେନ୍ସା କଲେଜ ପୋଲିସ୍ ଛାଉଣୀରେ ପରିଣତ ହେଲା। ବହୁ ଛାତ୍ର ଗିରଫ ହେଲେ। ଛାତ୍ରମାନେ ରାତିରେ ନିଜ ଜିନିଷପତ୍ର ମୁଣ୍ଡରେ ଧରି ଶୋଭାଯାତ୍ରା କରି ବାହାରି ଯିବା ସମୟରେ ପୋଲିସ୍ କଟକ ଜେଲଖାନା ନିକଟରେ ଛାତ୍ରମାନଙ୍କୁ ଗିରଫ କରିନେଲା। ନୀଳମଣି ଏକ ନାରୀ ବେଶରେ ପୋଲିସ୍‌କୁ ଚକ୍‌ମା ଦେଖାଇ ଖସିଗଲେ। ପରେ ନୀଳମଣି ଓ ବିଜୟ ଚନ୍ଦ୍ର ଦାସ ଗିରଫ ହୋଇ ଦଶ ଦିନ ଜେଲ୍‌ରେ ରହିଲେ। କେତେକ ବିଶିଷ୍ଟ ବ୍ୟକ୍ତି ସେମାନଙ୍କୁ ଜାମିନ୍‌ରେ ଆଣିଥିଲେ।

ନୀଳମଣି ରେଭେନ୍ସା କଲେଜ ଓ ପାଟଣା ବିଶ୍ୱବିଦ୍ୟାଳୟରୁ ବହିଷ୍କାର ହେବାପରେ ଶେଷର ଡଃ. ଶ୍ୟାମପ୍ରସାଦ ମୁଖାର୍ଜୀଙ୍କ ଉଦ୍ୟମରେ ବିଦ୍ୟାସାଗର କଲେଜର ଚତୁର୍ଥ ବର୍ଷରେ ନାମ ଲେଖାଇଲେ। ବିଦ୍ୟାସାଗର କଲେଜରେ ଏକ ଛାତ୍ର ଧର୍ମଘଟ ହୋଇଥିଲା ସେଥିରେ ନୀଳମଣି ନେତୃତ୍ୱ ନେଇଥିଲେ। ଏହି ସମୟରେ ନେତାଜୀ ସୁବାଷ ଚନ୍ଦ୍ର ବୋଷ ନୀଳମଣିଙ୍କୁ ଡକାଇ ଓଡିଶାରେ କିପରି ଫରୱାର୍ଡ ବ୍ଲକ୍ ସଂଗଠିତ ହେବ ସେ ବିଷୟରେ ଆଲୋଚନା କରିଥିଲେ। ନୀଳମଣି ବିଦ୍ୟାସାଗର କଲେଜରୁ କୃତିତ୍ୱର ସହ ବି.ଏ. ପାଶ୍‌କରି ବନାରସ୍ ବିଶ୍ୱବିଦ୍ୟାଳୟରେ ଏମ୍.ଏ. ଓ ଆଇନ ଶ୍ରେଣୀରେ ନାମ ଲେଖାଇଲେ। ସେ ସମୟରେ ଡଃ. ସର୍ବପଲ୍ଲୀ ରାଧାକ୍ରିଷ୍ଣନ୍ ବନାରସ୍ ବିଶ୍ୱବିଦ୍ୟାଳୟର ପ୍ରୋ-ଚାନ୍‌ସେଲର ଥିଲେ। ନୀଳମଣି ବିରଳା ଛାତ୍ରାବାସରେ ରହି ଆଇନ କଲେଜର ଅଧ୍ୟକ୍ଷ ଶ୍ରୀ ସୁବ୍ରମଣ୍ୟମ୍ ଓ ରାଜନୀତି ବିଜ୍ଞାନର ମୁଖ୍ୟ ଶ୍ରୀମୁକୁଟ ବିହାରି ଲାଲ୍‌ଙ୍କ ତତ୍ୱାବଧାନରେ ପଢ଼ାପଢ଼ି କରୁଥିଲେ। ସେ ସମୟରେ ଭାରତୀୟ ଛାତ୍ରସଂଘର କର୍ମକର୍ତାମାନଙ୍କ ସହ ଭଲ ସଂପର୍କ ରଖିଥିଲେ। ରାଜନାରାୟଣ ଓ କେଦାର ପାଣ୍ଡଙ୍କ ସହ ମଧ୍ୟ ତାଙ୍କର ସୁସମ୍ପର୍କ ଥିଲା।

୧୯୪୧ ଜୁନ୍ ୨୨ ତାରିଖରେ ଜର୍ମାନୀ ଋଷ ଉପରେ ଆକ୍ରମଣ କରିବାରୁ ଏହାକୁ ଜନଯୁଦ୍ଧର ଆଖ୍ୟାଦେଲେ। ୧୯୪୨ ମସିହା ପାଟଣାଠାରେ ନିଖିଳ ଭାରତ ଛାତ୍ରସଂଘର ଏକ ଅଧିବେଶନ ବସିଲା। ଏଥିରେ ଓଡିଶାରୁ ସାମ୍ୟବାଦୀ ଛାତ୍ରନେତା ବିଜୟଚନ୍ଦ୍ର ଦାସ, ଗଙ୍ଗାଧର ରଥ, ଦୁର୍ଗାଚରଣ ମହାନ୍ତି ଓ ନୀଳମଣି ବନାରସ୍ ହିନ୍ଦୁ ବିଶ୍ୱବିଦ୍ୟାଳୟର ପ୍ରତିନିଧି ଭାବରେ ଯୋଗଦେଇଥିଲେ। ଛାତ୍ର ସଂଘ ସମ୍ମିଳନୀରେ ଜନଯୁଦ୍ଧ ପ୍ରସ୍ତାବକୁ ନୀଳମଣି ଘୋର ବିରୋଧ କରିଥିଲେ। ୧୯୪୨ ଅଗଷ୍ଟ ଆଠ ତାରିଖରେ ବମ୍ବେଠାରେ ଜାତୀୟ କଂଗ୍ରେସ 'ଭାରତଛାଡ଼' ପ୍ରସ୍ତାବ ଗ୍ରହଣ କରିଥିଲା। ବନାରସ୍‌ରେ ଛାତ୍ରମାନଙ୍କର ଏକ ଜରୁରୀ ବୈଠକ ବସି 'ଭାରତ ଛାଡ' ଆନ୍ଦୋଳନ କରାଯିବ ସ୍ଥିର ହେଲା। ନୀଳମଣିଙ୍କ ସହିତ ସମାଜବାଦୀ ଛାତ୍ରନେତା ରାଜନାରାୟଣ ଓ କେଦାର ପାଣ୍ଡେ ଛାତ୍ରମାନଙ୍କର ନେତୃତ୍ୱ ନେଇଥିଲେ। ନୀଳମଣି ଗିରଫ ହେବା ପୂର୍ବରୁ ଛାତ୍ରାବାସରୁ ଖସି ପଳାଇଲେ। ବନାରସରୁ ନୀଳମଣିଙ୍କୁ ବହିଷ୍କାର କରିବା ପାଇଁ ଡିଭିଜନାଲ କମିଶନର ଆଦେଶ ଜାରି କରିଥିଲେ। ନୀଳମଣି ଲୁଚି ଛପି ଛାତ୍ରନେତାମାନଙ୍କ ସହ ବନାରସରେ 'ଭାରତ ଛାଡ' ଆନ୍ଦୋଳନକୁ ଆଗେଇନେବାର ପ୍ରଚେଷ୍ଟା ଜାରିରଖିଲେ। ବାଲେଶ୍ୱର ଜିଲ୍ଲା କଂଗ୍ରେସ କମିଟିର ସଭାପତି ମହମ୍ମଦ ହନିଫଙ୍କ ଠାରୁ ଭଦ୍ରକ ଆସି ଆନ୍ଦୋଳନରେ ସାହାର୍ଯ୍ୟ କରିବା ପାଇଁ ଖଣ୍ଡେ ଚିଠି ପାଇଲେ। ତେଣୁ ଲୁଚି ଛପି ଆସି ନିଜ ଗାଁରେ ପହଁଚିଲେ। କଂଗ୍ରେସ କର୍ମୀ ଓ ସମର୍ଥକମାନଙ୍କ ସଙ୍ଗେ ନୀଳମଣି ସଂପର୍କ ରଖି ଭାରତଛାଡ ଆନ୍ଦୋଳନକୁ ସକ୍ରିୟ କରିବାରେ ଲାଗିପଡିଲେ। ପୀରହାଟ, ତିହିଡି ପ୍ରଭୃତି ସ୍ଥାନରେ ଗୁପ୍ତ ବୈଠକ କରି ଭଦ୍ରକ-ବାନ୍ଦବାଲି ଟେଲିଫୋନ ଯୋଗାଯୋଗ ଓ ଡାକ ଚଳାଚଳ ବ୍ୟବସ୍ଥା ସଂପୂର୍ଣ୍ଣ ଅଚଳ କରିଦିଆଗଲା। ନୀଳମଣି ତହଁରା ଗାଁରେ ଲୁଚିକରି ଆଶ୍ରୟ ନେଲେ। ପାଣି କାଦୁଅରେ ବୁଲିବୁଲି ଭିନ୍ନ ଭିନ୍ନ ଗାଁକୁ ଗଲେ। କର, ଟିକସ, ଖଜଣା, ସରକାରଙ୍କୁ ନ ଦେବାପାଇଁ ମତାଇଲେ। ନୀଳମଣି ଲୁଚିକରି ବିଲ ରାସ୍ତାରେ ଗାଁ କୁ ଗାଁ ବୁଲିବା ସମୟରେ ତାଙ୍କ ଗୋଡ କଟିଗଲା। ସେ ଅସୁସ୍ଥ ହୋଇପଡିଲେ। ତାଙ୍କ ଭାଇ ଖବର ପାଇ ଗାଁକୁ ନେଇଗଲେ। ପୋଲିସ୍ ଖବର ପାଇ ଅତର୍କିତ ଭାବେ ଘର ଉପରେ ଚଢ଼ାଉ କଲେ ଓ ନୀଳମଣିଙ୍କୁ ଗିରଫ କରିନେଲେ। ବିଚାରରେ ତାଙ୍କୁ ୧ ବର୍ଷ ଅଶ୍ରମ କାରାଦଣ୍ଡ ଦିଆଗଲା। ଅନ୍ୟ ବନ୍ଦୀମାନଙ୍କ ସହିତ ନୀଳମଣିଙ୍କୁ ହାତକଡି ଓ ଅଂଟାରେ ଦଉଡି ବାନ୍ଧି ଭଦ୍ରକ ଜେଲ୍‌ରୁ ରେଲଷ୍ଟେସନ୍ ପର୍ଯ୍ୟନ୍ତ ଚଲାଇ ଚଲାଇ ନିଆଗଲା।

ବାଲେଶ୍ୱର ଜେଲରେ ନୀଳମଣି ଉଚ୍ଚ ଶ୍ରେଣିର ବନ୍ଦୀ ରୂପେ ରାଜନେତା ମାନଙ୍କ ସହିତ ରହିଲେ। ୧୯୪୩ ମସିହା ଅଗଷ୍ଟ ୧୭ ତାରିଖରେ ନୀଳମଣି ଖଲାସ୍ ହେଲେ ପୋଲିସ୍ ଆସିଲା ବେଳକୁ ନୀଳମଣି ଚମ୍ପଟ୍। ରାତିରେ ଚାଲି ଚାଲି ଆଠ ମାଇଲ ଦୂର ହଳଦୀପଦା ଷ୍ଟେସନରୁ ରେଲଯୋଗେ କଲିକତା ଚାଲିଗଲେ। ଭାଇଙ୍କ ପାଖରେ ରହି ଆଇନ୍ ଶ୍ରେଣୀରେ ନାମ ଲେଖାଇ ପଢ଼ିଲେ ଓ ପାସ୍ କଲେ। ୧୯୪୭ରେ ଡିଗ୍ରୀ ହାସଲ କରି ନୀଳମଣି କଟକରେ ରାଜକିଶୋର ଦାସଙ୍କର ଜୁନିୟର ଓକିଲ ଭାବେ କାମ ଆରମ୍ଭକଲେ। ପ୍ରଜାତନ୍ତ୍ରର ମୁଖ୍ୟ ପରିଚାଳକ ଭାବେ ଦାୟିତ୍ୱ ଗ୍ରହଣ କଲେ। ତାଙ୍କ ଚେଷ୍ଟାରେ ପ୍ରଜାତନ୍ତ୍ର ଏକ ଟ୍ରଷ୍ଟରେ ପରିଣତ ହେଲା। ସେ ଜଣେ ଟ୍ରଷ୍ଟି ରହିଲେ। ନୀଳମଣି ସୋରୋ ବିଧାନସଭା ଆସନରୁ ନିର୍ବାଚିତ ହୋଇ ୧୯୪୮ ମସିହା ଜୁଲାଇ ୧୨ ତାରିଖ ଦିନ ଏଗାରଟା ବେଳେ ଓଡିଶା ବିଧାନସଭାରେ ସଦସ୍ୟଭାବେ ଶପଥ ନେଇଥିଲେ। ବାଚସ୍ପତି ଲାଲ୍ ମୋହନ ପଟ୍ଟନାୟକ ନୀଳମଣିଙ୍କୁ ଶପଥ ପାଠ କରାଇଥିଲେ।

୧୯୪୯ ମସିହାରେ ନୀଳମଣି ନଳିନୀ ଦେବୀଙ୍କୁ ଭଲ ପାଇ ବୈଦିକ ରୀତିରେ ନିରାଡମ୍ବର ଭାବେ ବିବାହ କରିଥିଲେ। ନଳିନୀ ଦେବୀଙ୍କର ଓଡ଼ିଆ, ବଙ୍ଗଳା, ଓ ହିନ୍ଦି ସାହିତ୍ୟରେ ବିଶେଷ ଦଖଲ ଥିଲା। ତାଙ୍କ ସଂପାଦନାରେ 'ମରୁତୀର୍ଥ' ନାମକ ମାସିକ ପତ୍ରିକା ପ୍ରକାଶିତ ହେଉଥିଲା। ୧୯୫୦ ଜୁଲାଇ ୨୮ରେ ତାଙ୍କର ଏକମାତ୍ର ପୁତ୍ର ବିଜୟଶ୍ରୀ ରାଉତରାୟ ଜନ୍ମ ହୋଇଥିଲା। ୧୯୫୨ରେ ନୀଳମଣି ଧାମନଗର ନିର୍ବାଚନ ମଣ୍ଡଳୀରୁ କଂଗ୍ରେସ ପ୍ରାର୍ଥୀଭାବେ ବିଜୟ ଲାଭ କରି, ନବକୃଷ୍ଣ ଚୌଧୁରୀଙ୍କ ମନ୍ତ୍ରୀମଣ୍ଡଳରେ ଉପମନ୍ତ୍ରୀ ଭାବେ ଫେବୃୟାରୀ ୨୦ ତାରିଖରେ ଶପଥ ଗ୍ରହଣ କରିଥିଲେ। ୧୯୫୨ରୁ ୧୯୫୭ ପର୍ଯ୍ୟନ୍ତ ଘରୋଇ ବିଭାଗର ଉପମନ୍ତ୍ରୀ ରହି ଦକ୍ଷତାର ପରିଚୟ ଦେଇଥିଲେ। ୧୯୫୭ରେ ନୀଳମଣି ଚାନ୍ଦବାଲି ନିର୍ବାଚନ ମଣ୍ଡଳୀରୁ ବିଜୟ ଲାଭକରି ହରେକୃଷ୍ଣ ମହତାବଙ୍କ ମିଳିତ ମନ୍ତ୍ରୀମଣ୍ଡଳରେ ଯୋଗାଣ, ପରିବହନ ଓ ଶ୍ରମ ବିଭାଗର କ୍ୟାବିନେଟ୍ ମନ୍ତ୍ରୀଭାବେ ଦାୟିତ୍ୱ ଗ୍ରହଣ କରିଥିଲେ। ୧୯୫୯ରେ ମନ୍ତ୍ରୀମଣ୍ଡଳ ସଂପ୍ରସାରିତ ହେଲା। ନୀଳମଣି ସେଥିରେ ଯୋଗାଣ ଓ ବାଣିଜ୍ୟ ବିଭାଗର କ୍ୟାବିନେଟ ମନ୍ତ୍ରୀ ହେଲେ। ୧୯୬୧ରେ ବିଜୁ ପଟ୍ଟନାୟକଙ୍କ ମନ୍ତ୍ରୀମଣ୍ଡଳରେ ନୀଳମଣି ଘରୋଇ, ବାଣିଜ୍ୟ, ଶ୍ରମ ଓ ଯୋଗାଣ ବିଭାଗର କ୍ୟାବିନେଟ ମନ୍ତ୍ରୀ ହେଲେ। କାମରାଜ ଯୋଜନାରେ ବିଜୁ ପଟ୍ଟନାୟକ ମୁଖ୍ୟମନ୍ତ୍ରୀ ପଦରୁ ଗଲେ। ୧୯୬୩ ଅକ୍ଟୋବର ଦୁଇ ତାରିଖରେ ବୀରେନ୍ ମିତ୍ର ମୁଖ୍ୟମନ୍ତ୍ରୀ ହେଲେ। ଏହି ମନ୍ତ୍ରୀମଣ୍ଡଳରେ ନୀଳମଣି ରାଜନୈତିକ ଓ ପ୍ରଶାସନ, ଘରୋଇ, ଶ୍ରମ ଓ ଯୋଗାଣ ବିଭାଗର କ୍ୟାବିନେଟ୍ ମନ୍ତ୍ରୀ ହେଲେ। ୧୯୬୭ରେ ନୀଳମଣି ପ୍ରଦେଶ କଂଗ୍ରେସର ସଭାପତି ଭାବେ ଚାରିବର୍ଷ ରହିଲେ। ୧୯୭୧ ମସିହାରେ ବାସୁଦେବପୁର ନିର୍ବାଚନ ମଣ୍ଡଳୀରୁ ନିର୍ବାଚିତ ହୋଇ ଘରୋଇ, ଖଣି ଓ ଭୂତତ୍ୱ, ଯୋଗାଣ ବିଭାଗର ମନ୍ତ୍ରୀ ରହିଲେ। ନନ୍ଦିନୀ ଶତପଥୀଙ୍କ ମନ୍ତ୍ରୀମଣ୍ଡଳରେ ସେ ଉପମୁଖ୍ୟମନ୍ତ୍ରୀ ଭାବେ କାର୍ଯ୍ୟ କରିଥିଲେ। ୧୯୭୬ରେ ସେ ରାଜ୍ୟସଭା ସଦସ୍ୟ ଭାବେ ରହିଥିଲେ। କେନ୍ଦ୍ରରେ ଜନତା ସରକାର ଗଠିତ ହେବାପରେ ଓଡିଶା ସମେତ ୯ ଟି ରାଜ୍ୟର କଂଗ୍ରେସ ସରକାରଙ୍କୁ ଭାଙ୍ଗି ଦିଆଗଲା। ମଧ୍ୟବର୍ତୀକାଳୀନ ନିର୍ବାଚନ କରାଗଲା। ବାସୁଦେବପୁର ନିର୍ବାଚନ ମଣ୍ଡଳୀରୁ ପ୍ରାର୍ଥୀ ହୋଇ ନୀଳମଣି ବିଜୟ ଲାଭ କଲେ। ୧୯୭୭ ଜୁନ୍ ୨୬ ତାରିଖରେ ନୀଳମଣି ରାଉତରାୟ ଓଡିଶାର ମୁଖ୍ୟମନ୍ତ୍ରୀ ଭାବେ ଶପଥ ଗ୍ରହଣ କଲେ। ୧୯୮୯ ନିର୍ବାଚନରେ ପୁରୀ ଲୋକସଭା ଆସନରୁ ନିର୍ବାଚିତ ହୋଇ ଭି.ପି. ସିଂହଙ୍କ ମନ୍ତ୍ରୀମଣ୍ଡଳରେ ପ୍ରଥମେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ଓ ପରେ ଜଙ୍ଗଲ ଓ ପରିବେଶ ବିଭାଗର କ୍ୟାବିନେଟ ମନ୍ତ୍ରୀ ହୋଇଥିଲେ।

ନୀଳମଣି ରାଉତରାୟ ପିଲାବେଳରୁ ଛୋଟ ବିପ୍ଳବୀ ଭାବେ ସ୍ୱାଧିନତା ଆନ୍ଦୋଳନରେ ଯୋଗଦେଇ ଓଡିଶାର ରାଜନୀତିରେ ଷାଠିଏ ବର୍ଷରୁ ଅଧିକ କାଳ ଜଡିତ ଥିଲେ। ସେ ବିଧାୟକରୁ ସାସଂଦ, ଉପମନ୍ତ୍ରୀରୁ ମନ୍ତ୍ରୀ, ଉପମୁଖ୍ୟ ମନ୍ତ୍ରୀରୁ ମୁଖ୍ୟମନ୍ତ୍ରୀ ଓ କେନ୍ଦ୍ରମନ୍ତ୍ରୀ ଭାବେ ଆସନ ଅଳଙ୍କୃତ କରି ସେ ଜଣେ ଖ୍ୟାତନାମା ସମାଜସେବୀ, ସାମ୍ବାଦିକ, ରାଜନିତିଜ୍ଞ ଓ ପ୍ରଶାସକ ଭାବେ ଉଭା ହୋଇଥିଲେ। ତାଙ୍କର ସରଳ ଓ ନମ୍ର ବ୍ୟବହାର ପାଇଁ ସେ ଜନସାଧାରଣଙ୍କର ସ୍ନେହ ଓ ଶ୍ରଦ୍ଧା ଲାଭ କରିଥିଲେ। ଶେଷ ସମୟରେ ଲେଖା ପଢ଼ାରେ ସମୟ ଅତିବାହିତ କରିଥିଲେ। ଏହି ମହାନ୍ ଜନନାୟକ ୨୦୦୪ ମସିହା ଅକ୍ଟୋବର ମାସ ୪ ତାରିଖ ଦିନ ଇହଲୀଳା ସମ୍ବରଣ କରିଥିଲେ।




# ରକ୍ତହୀନତା ରୋଗର ଭୟାବହତା

ଭୁବନେଶ୍ୱର (ଓଏନ୍ଏସ୍): ଓଡ଼ିଶାର ସବୁଠୁ ଅନଗ୍ରସର ଓ ଗରିବ ଜିଲ୍ଲା ଭାବେ ନବରଙ୍ଗପୁରର ଯେଉଁ କଳଙ୍କ ରହିଛି, ସେହି କଳଙ୍କର କାଳିମା ଦିନକୁ ଦିନ ଗାଢ ହେବାରେ ଲାଗିଛି ସିନା କମିବାକୁ ନାଁ ଧରୁନି। ଏହାଛଡ଼ା ଏହି ଜିଲ୍ଲାରେ ବିପର୍ଯ୍ୟସ୍ତ ସ୍ୱାସ୍ଥ୍ୟସେବା, ପୁଷ୍ଟିହୀନତା, ରକ୍ତ ଶିକୁଳି ରୋଗ ଓ ମ୍ୟାଲେରିଆର ବ୍ୟାପକତା ଯୋଗୁ ରକ୍ତହୀନତା ଜନିତ ମୃତ୍ୟୁ ସଂଖ୍ୟା କ୍ରମେ ବଢୁଛି। ବିଶେଷତଃ ପ୍ରସବ ବେଳେ ଏହି ସମସ୍ୟା ଅତି ଜଟିଳ ଅବସ୍ଥା ସୃଷ୍ଟି କରୁଛି। ଏହି ଜିଲ୍ଲାରେ ଅଧିକାଂଶ ମାତୃ ମୃତ୍ୟୁ ଅନ୍ତରାଳରେ ରକ୍ତହୀନତା ହିଁ ଏକମାତ୍ର କାରଣ ବୋଲି ବରିଷ୍ଠ ସ୍ୱାସ୍ଥ୍ୟ ବିଶେଷଜ୍ଞ ମାନେ ମତ ଦେଉଛନ୍ତି। ଚିକିତ୍ସା ବିଜ୍ଞାନର ନିୟମ ଅନୁସାରେ ରକ୍ତରେ ହେମୋଗ୍ଲୋବିନ୍‌ର ପରିମାଣ ଶତକଡ଼ା ୧୧ରୁ କମ୍ ରହିଲେ, ରୋଗୀଟି ରକ୍ତହୀନତାର ଶିକାର ବୋଲି ଚିକିତ୍ସା ବିଜ୍ଞାନ କହିଥାଏ। ବାସ୍ତବପକ୍ଷେ ଏହି ଜିଲ୍ଲାରେ ୯୫ ଶତକଡ଼ା ଲୋକଙ୍କର ହେମୋଗ୍ଲୋବିନ୍ ର ପରିମାଣ ୧୧% ରୁ ବହୁ ତଳେ ରହଉଛି। ଅନେକ ଗର୍ଭବତୀ ମା'ପ୍ରସବ ପାଇଁ ଆସିବାବେଳେ ସେମାନଙ୍କର ହେମୋଗ୍ଲୋବିନ୍‌ର ପରିମାଣ ୪ରୁ ୭ ଶତକଡ଼ା ମଧ୍ୟରେ ରହୁଛି। ପ୍ରସବ ପରେ କିଛି ମାତ୍ରାରେ ରକ୍ତ କ୍ଷୟ ହେଲେ ରୋଗୀର ଅବସ୍ଥା ସଙ୍କଟାପନ୍ନ ହୋଇଯାଏ ଓ ବେଳେବେଳେ ମୃତ୍ୟୁମୁଖରେ ପଡ଼େ। ସାରା ଜିଲ୍ଲା ପାଇଁ ଏକମାତ୍ର ରକ୍ତ ଭଣ୍ଡାରଟି ନବରଙ୍ଗପୁର ସ୍ଥିତ ଜିଲ୍ଲା ସଦରମହକୁମା ଚିକିତ୍ସାଳୟ ଠାରେ ରହିଛି। ସେଠାରୁ ଜିଲ୍ଲାର ସୀମାନ୍ତ ହାଟଭରଣ୍ଡି ଓ ଚନ୍ଦାହାଣ୍ଡିର ଦୂରତା ୧୨୦ କି.ମି.ରୁ ଅଧିକ। ଜିଲ୍ଲାର ଅନ୍ୟ ଏକ ଅଗ୍ରଣୀ ଚିକିତ୍ସାଳୟ ଉମରକୋଟ ଠାରୁ ଏହା ୬୫କି.ମି. ଦୂରବର୍ତ୍ତୀ। ରକ୍ତ ଦରକାର ପଡୁଥିବା ଆଦିବାସୀ ରୋଗୀଙ୍କୁ ରାତି ଅଧରେ ରକ୍ତ ଆଣିବା ଚିଠାଟି ଧରାଇ ସ୍ୱାସ୍ଥ୍ୟ ବିଭାଗ ନିଜ ଦାୟିତ୍ୱ ସାରିଦେଉଛି। ଅଧ ରାତିରେ ରୋଗୀର ଆତ୍ମୀୟ କିଭଳି ଏତେ ଦୂର ଯାଇ ରକ୍ତ ଆଣିବ, ଏହି ପ୍ରଶ୍ନର ଉତ୍ତର କୋଟିକୋଟି ଟଙ୍କା ପାଣି ପରି ଉଡ଼ାଉଥିବା ରାଷ୍ଟ୍ରୀୟ ଗ୍ରାମୀଣ ସ୍ୱାସ୍ଥ୍ୟ ମିସନ୍ ପାଖରେ ହୁଏତ ନାହିଁ। ୨୦୦୫ରେ ସ୍ୱାସ୍ଥ୍ୟ ମିସନ୍ ଏହି ଜିଲ୍ଲାରେ କାର୍ଯ୍ୟକାରୀ ହେବା ପରଠାରୁ ରକ୍ତହୀନତା ରୋଗ ବ୍ୟାପକ ଭାବେ ବଢିଚାଲିଛି। କୋଟିକୋଟି ଟଙ୍କା ବ୍ୟୟରେ ଚିକିତ୍ସାଳୟରେ ରଙ୍ଗ ଦେଇ, ଚଟାଣରେ ମାର୍ବଲ୍ ଟାଇଲ୍ ଲଗାଇ, ବିଭିନ୍ନ ହୋଡ଼ିଙ୍ଗ୍ ଟାଙ୍ଗି ଓ ଗଣମାଧ୍ୟମରେ ରଙ୍ଗୀନ୍ ବିଜ୍ଞାପନ ଦେଇ ଓ ବର୍ଷକୁ କେବଳ ଫୁଲ ସଜାଇବାରେ ଲକ୍ଷାଧିକ ଟଙ୍କା ଖର୍ଚ୍ଚ କରି ରାଜ୍ୟରେ ସ୍ୱାସ୍ଥ୍ୟସେବାର ବିକାଶ ହେଉଥିବା ଦାବି କରୁଛି ସ୍ୱାସ୍ଥ୍ୟ ମିସନ୍। ସ୍ୱାସ୍ଥ୍ୟ ମିସନ୍‌ର ହର୍ତ୍ତାକର୍ତ୍ତା ସାଜିଥିବା ଅନଭିଜ୍ଞ, ଅଦକ୍ଷ ଓ ଅସ୍ଥାୟୀ କର୍ମଚାରୀଙ୍କ ହାତରେ ଛାଡ଼ି ଦିଆଯାଉଛି ରାଜ୍ୟର ସ୍ୱାସ୍ଥ୍ୟସେବା ଦାୟିତ୍ୱ। ଭୁବନେଶ୍ୱରରୁ ନିର୍ଦ୍ଦେଶ ନଆସିଲେ, ଏହି ଯୋଜନାର ଘାସ ବି ହଲିବ ନାହିଁ। ଗର୍ଭବତୀ ମା'ର ଦାୟିତ୍ୱ ଅନଭିଜ୍ଞ ଆଶା ଉପରେ ଛାଡ଼ିଦେଇ ସମସ୍ତେ ନିଶ୍ଚିତ ରହିଛନ୍ତି। ବାହାରୁ ଔଷଧ ନକିଣିବାକୁ ସମସ୍ତଙ୍କୁ ତାଗିଦ୍ କରାଯାଉଛି। ରକ୍ତହୀନତା ରୋଗର ପ୍ରତିଷେଧକ ପାଇଁ ଯେଉଁ ଫଲିଫର୍ ଟାବ୍‌ଲେଟ୍ ବଣ୍ଟାଯାଉଛି, ସେଗୁଡ଼ିକ ରୋଗୀଙ୍କ ଦ୍ୱାରା ଆଦୌ ଆଦୃତ ହେଉନାହିଁ। ପ୍ୟାକିଂ ତୃଟି ଯୋଗୁ ଖୋଲିବା ପରେ ସେସବୁ ଭାଙ୍ଗି ଯାଉଛି। ଅନେକ ରୋଗୀ ତାହାକୁ ଖାଉ ନାହାଁନ୍ତି। ଖାଇଲେ ମଧ୍ୟ ସେମାନଙ୍କର ହେମୋଗ୍ଲୋବିନ୍ ପରିମାଣ ଏତେ କମ୍ ରହୁଛି ଯେ ପ୍ରସବ ପୂର୍ବରୁ ଅବସ୍ଥା ସ୍ୱାଭାବିକ୍ ହେବା ସମ୍ଭବ ହେଉନି। ବେଳେବେଳେ ସମୟସୀମା ପାର ହୋଇଥିବା ଔଷଧ ବଣ୍ଟାଯାଇ ଅବସ୍ଥାକୁ ଆହୁରି ଅସମ୍ଭାଳ କରାଯାଉଛି। ଯେକୌଣସି ଯୋଜନାର ସଫଳ ରୂପାୟନ ପାଇଁ ପ୍ରତି ସମସ୍ୟାକୁ ସ୍ୱତନ୍ତ୍ର ଭାବେ ଧ୍ୟାନ ଦେବାକୁ ପଡ଼ିଥାଏ। ଗୁରୁତର ରକ୍ତହୀନତା ରୋଗୀ ଗୋଟିଏ ଗୋଟିଏ ସମସ୍ୟା। ତାଙ୍କୁ ବାଟକୁ ଆଣିବାକୁ ହେଲେ, ସ୍ୱତନ୍ତ୍ର ଭାବେ ସମାଧାନର ବାଟ ଖୋଜିବାକୁ ହେବ। ଭୁବନେଶ୍ୱରରୁ ଆସୁଥିବା ନିର୍ଦ୍ଦେଶନାମା ଏଠାରେ ଚଳିବ ନାହିଁ। ୩ମାସ ଫଲିଫର୍ ଖାଇଦେଲେ ଯେ ରକ୍ତହୀନତା ଦୂର ହୋଇଯିବ, ତାହା କହି ହେବ ନାହିଁ। ଏହାର ଭୟାବହତା ଦୂର ପାଇଁ ଏହି ଜିଲ୍ଲା ପାଇଁ ସ୍ୱତନ୍ତ୍ର ପଦକ୍ଷେପ ନେବାକୁ ହେବ। ଅନ୍ୟଥା ଏହି ରୋଗ କ୍ରମେ ଦାବାନଳ ଭଳି ବ୍ୟାପୀ ଆଉରି ଅଧିକ ଜୀବନ ହାନି ଘଟାଇବ। ଏହି ଜିଲ୍ଲାରେ ୫ରୁ ୧୦ ଶତକଡ଼ା ରୋଗୀ ରକ୍ତଶିକୁଳି ରୋଗରେ ଆକ୍ରାନ୍ତ ହେବା ଦେଖାଯାଏ। ଏମାନଙ୍କର ରକ୍ତ ବୃଦ୍ଧି ପାଇଁ ଆଇରନ୍ ବଟିକା ଆଦୌ ସହାୟକ ନୁହେଁ। ପ୍ରସବ ପୂର୍ବରୁ ବାରମ୍ବାର ରକ୍ତ ଦିଆଯାଇ ସେମାନଙ୍କ ସ୍ୱାସ୍ଥ୍ୟାବସ୍ଥାରେ ଉନ୍ନତି ଆଣିବାକୁ ପଡ଼ିବ। ଏହାର ବ୍ୟାପକତା ହିଁ ରକ୍ତ ହୀନତା ରୋଗର ଅନ୍ୟତମ କାରଣ। ଏହି ସମସ୍ୟା ସଂପର୍କରେ ସମସ୍ତେ ଅବଗତ ଥିଲେ ମଧ୍ୟ ଏଯାଏ କୌଣସି ବିହିତ ପଦକ୍ଷେପ ନିଆଯାଉନାହିଁ। ସ୍ୱାସ୍ଥ୍ୟ ମିସନ୍ ପୃଥିବୀରେ ପ୍ରାୟତଃ ସବୁଠୁ ଖର୍ଚ୍ଚ ବହୁଳ ଯୋଜନା। ଏହି ଯୋଜନାରେ ଟଙ୍କାର ଅଭାବ ନାହିଁ। ଅର୍ଥର ପ୍ରାଚୁର୍ଯ୍ୟ ସତ୍ତ୍ୱେ ଗୋଟିଏ ମା' ଯଦି କରିବ, ତା'ହେଲେ ଇତିହାସ କେବେ ଆମକୁ କ୍ଷମା ଦେବ ନାହିଁ। କେବଳ ତଥାକଥିତ ଇଟିଙ୍ଗ୍, ସିଟିଙ୍ଗ୍, ମିଟିଂ, କାନ୍‌ଭାସିଂ ଓ ହୁଡ଼ିଙ୍ଗ୍‌ରେ ପ୍ରଚୁର ଅର୍ଥ ବ୍ୟୟ କରାନଯାଇ ସମସ୍ୟାର ମୂଳରେ ପହ ି ସମାଧାନ କରାଗଲେ ହିଁ ଏହି ଯୋଜନାର ସଫଳ ରୂପାୟନ ହୋଇପାରିବ।

# ଜିଲ୍ଲା ଶିକ୍ଷାଧିକାରୀ କାର୍ଯ୍ୟାଳୟ ସମ୍ମୁଖରେ ଓଡ଼ିଶା ଏମଡ଼ିଏମ୍ ସଂଘର ମୟୂରଭଞ୍ଜ ଶାଖା ପକ୍ଷରୁ ବିକ୍ଷୋଭ

ବାରିପଦା,(ପିଏନ)- ମୟୂରଭଞ୍ଜ ଜିଲ୍ଲାରେ ଥିବା ବିଭିନ୍ନ ବିଦ୍ୟାଳୟଗୁଡ଼ିକରେ କାର୍ଯ୍ୟରତ ଏମ୍‌ଡ଼ିଏମ୍ ପାଚିକା ଓ ସହାୟିକାମାନଙ୍କର ୨୮ ମାସର ଏରିଆର ପ୍ରଦାନ ସହ ବକେୟା ୩ ମାସର ଦରମା ଏବଂ ବେଆଇନ ଭାବେ ଛଟେଇ ହୋଇଥିବା ପାଚିକା ଓ ସହାୟିକାମାନଙ୍କୁ ପୁନଃ ନିଯୁକ୍ତି ବାଦିରେ ଆଜି ଓଡ଼ିଶା ଏମଡ଼ିଏମ ୱାର୍କାରସ୍ ୟୁନିୟନର ମୟୂରଭଞ୍ଜ ଶାଖା ପକ୍ଷରୁ ମୟୂରଭଞ୍ଜ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ କରୋନା ମାର୍ଗଦର୍ଶୀକା ଅନୁପାଳନ ପୂର୍ବକ ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା। ଓଡ଼ିଶା ଏମଡ଼ିଏମ ୱାର୍କାରସ୍ ୟୁନିୟନର କୋଷାଧ୍ୟକ୍ଷ ଅମଲ ଦେଙ୍କ ପୌରହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିକର୍ତନ କବି, ପ୍ରଶାନ୍ତ ପରିଡ଼ା, କୁଞ୍ଜଲତା ମହାନ୍ତ, ସନ୍ଧ୍ୟା ବେହେରା, ମାଳତୀ ମହାନ୍ତ, ରଞ୍ଜିତା ରାଉତ, ମେରିଆ ହାଁସଦାଃ, ବୀଣାପାଣି ନାୟକ, ଆଲାଦି ହେମ୍ବ୍ରମ, କାଲୁ ଦେହୁରୀ, ମଞ୍ଜୁଳା ମହାନ୍ତ, ଆରତୀ କବି, ଅନ୍ନପୂର୍ଣ୍ଣା ବାରିକ ପ୍ରମୁଖ ଯୋଗ ଦେଇ ନିଜ ନିଜର ମତ ଉପସ୍ଥାପନ କରାଇଥିଲେ। ଏହାପରେ ଏକ ପ୍ରତିଧି ଦଳ କାର୍ଯ୍ୟାଳୟକୁ ଯାଇ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ସହ ସେମାନଙ୍କ ୮ ଦଫା ଦାବିଗୁଡ଼ିକ ଉପରେ ଆଲୋଚନା କରିଥିଲେ ଏବଂ ଜିଲ୍ଲା ଶିକ୍ଷା ଅଧିକାରୀ ୩ ମାସର ବକେୟା ଦରମା ପ୍ରଦାନ ନିମନ୍ତେ ବିଲ ଯାଇଛି। ପାଶ ହୋଇ ଆସିବା ପରେ ପ୍ରଦାନ କରାଯିବ। ଏଥି ସହିତ ୨୮ ମାସର ଏରିଆର ଟଙ୍କା ପ୍ରଦାନ ନିମନ୍ତେ ବିଲ ଯାଇଛି। ଭୁବନେଶ୍ୱରରୁ ପାଶ ହୋଇ ଆସିଲେ ମିଳିଯିବ ଏବଂ ଛଟେଇ ପାଚିକା ଓ ସହାୟିକାମାନଙ୍କ ଫାଇଲକୁ ଅନୁଧ୍ୟାନ କରି ବିହିତ ପଦକ୍ଷେପ ଗ୍ରହଣ କରିବେ ବୋଲି ନିର୍ଭର ପ୍ରତିଶ୍ରୁତି ପ୍ରଦାନ କରିଥିଲେ। ସେହିପରି ଯେଉଁ ଦାବିଗୁଡ଼ିକ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କ୍ଷମତା ପରିସରର ବାହାରେ ସେଗୁଡ଼ିକ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରେରଣ କରାଇବେ ବୋଲି ପ୍ରକାଶ କରିଥିଲେ।

# ଶିକ୍ଷକ ଅଭାବ ଯୋଗୁଁ ସ୍ମାର୍ଟ ବିଦ୍ୟାଳୟରେ ଶିକ୍ଷାଦାନରେ ବ୍ୟାଘାତ


ଖୋର୍ଦ୍ଧା (ପିଏନ)- ବେଗୁନିଆ ଥାନା ଅ'ର୍ଗତ ମାଣିବନ୍ଧ ଗ୍ରାମର ସରକାରୀ ପଂଚପଲ୍ଲୀ ଉଚ୍ଚ ବିଦ୍ୟାଳୟ ୫-ଟି ଅଧିନରେ ସ୍ମାର୍ଟ ବିଦ୍ୟାଳୟରେ ଅ'ର୍ଭୁକ୍ତ ହୋଇ ମଧ୍ୟ ଶିକ୍ଷକ ଅଭାବଜନିତ ସମସ୍ୟା ଯୋଗୁଁ ଛାତ୍ରଛାତ୍ରୀଙ୍କ ଶିକ୍ଷାଦାନରେ ବ୍ୟାଘାତ ସୃଷ୍ଟି ହେଉଛି। ଏହି ବିଦ୍ୟାଳୟଟି ୧୯୭୭ ମସିହାରେ ସ୍ଥାପିତ ହୋଇଥିଲେ ମଧ୍ୟ ରାଜ୍ୟ ସରକାରଙ୍କ ପକ୍ଷରୁ ସ୍ମାର୍ଟ ବିଦ୍ୟାଳୟରେ ରୂପା'ରିତ ହୋଇ ଉନ୍ନତ ମାନର ଶ୍ରେଣୀ ଗୃହ,ବିଜ୍ଞାନଗାର ଓ ପାଠାଗାର ଆଦି ରହିଥିବା ବେଳେ ଶିକ୍ଷକ ଶିକ୍ଷକ ଅଭାବ ଜନିତ ସମସ୍ୟାକୁ ନେଇ ଅଭିଭାବକ ଓ ସ୍ଥାନୀୟ ଅଂଚଳର ଜନସାଧାରଙ୍କ ମନରେ ଅସ'ୋଷ ଦେଖା ଦେଖା ଦେଇଛି। ଏଥିରେ ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟ' ମୋଟ ୨୩୭ ଜଣ ଓ ଦଶମ ଓ ନବମ ଶ୍ରେଣୀରେ ୧୬୩ ଜଣ ଛାତ୍ରଛାତ୍ରୀ ପାଠ ପଢୁଛି'। ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟ' ୭ ଜଣ ଶିକ୍ଷକ,ନବମ ଓ ଦଶମ ଶ୍ରେଣୀ ପାଇଁ ୪ ଜଣ ରହିଛି'। ଏହି ୭ ଜଣ ଶିକ୍ଷକ ମଧ୍ୟରୁ ଜଣେ ଶିକ୍ଷକ ପ୍ରଦୀପ ବଳବ'ରାୟଙ୍କୁ ସାଧନ କେନ୍ଦ୍ର ସଂଯୋଜକ ଭାବେ ନିଯୁକ୍ତ ହୋଇଥିବା ବେଳେ ଶିକ୍ଷକ ବିଜୟ କୁମାର ବେହେରାଙ୍କୁ କୌଣସି କାରଣ ଯୋଗୁଁ ଡେପୁଟେସନରେ ଅସରଳା ଉଚ୍ଚ ପ୍ରାଥମିକ ବିଦ୍ୟାଳୟକୁ ପଠାଯାଇଛି। ଏବେ ବିଦ୍ୟାଳୟରେ କେବଳ ୫ ଜଣ ଶିକ୍ଷକ ଶିକ୍ଷାଦାନ କରୁଥିବା ବେଳେ ନବମ ଓ ଦଶମ ଶ୍ରେଣୀରେ ୪ ଜଣ ଶିକ୍ଷକ ବଦଳରେ ବିଜ୍ଞାନ,ଗଣିତ,ହିନ୍ଦି ଓ ପିଇଟି ଶିକ୍ଷକ ପଦବୀ ଖାଲି ହୋଇ ପଡିଛି। ଅପର ପକ୍ଷରେ ୩ ଜଣ ଚତୁର୍ଥ ଶ୍ରେଣୀ କର୍ମଚାରୀ ବଦଳରେ ୧ ଜଣ ରହିଥିବା ବେଳେ ରାତ୍ର ଜଗୁଆଳୀ ପଦବୀ ଖାଲି ହୋଇ ପଡିଛି। ଏହି ବିଦ୍ୟାଳୟରେ ଶିକ୍ଷକ ଅଭାବ ଜନିତ ସମସ୍ୟା ଯୋଗୁଁ ଶିକ୍ଷାଦାନ କିଭଳି ହେଉଥିବ ସ୍ପଷ୍ଟ ଭାବେ ବାରି ହୋଇ ପଡୁଛି। ସରକାରଙ୍କ ନିୟମ ଅନୁଯାଇ ୩୦ ଜଣରେ ଜଣେ ଶିକ୍ଷକଙ୍କୁ ନିଯୁକ୍ତ କରିବା କଥା ଏହାର ବ୍ୟତିକ୍ରମ ଘଟି ପ୍ରଥମରୁ ଅଷ୍ଟମ ପାଇଁ ୭ ଜଣ, ନବମ ଓ ଦଶମ ଶ୍ରେଣୀ ପାଇଁ ୬ ଜଣ ରହିବା ବଦଳରେ ମୋଟ ୯ ଜଣ ରହିଛନ୍ତି। ସେଥି ମଧ୍ୟରୁ ସଂସ୍କୃତରେ ୨ ଜଣ ଶିକ୍ଷକ ରହିଛନ୍ତି, ଅନ୍ୟ ବିଷୟର ଶିକ୍ଷକ ପଦବୀ ଖାଲି ରହିଛି। ଏ ନେଇ ୫ଟି ସଚିବ,ଖୋର୍ଦ୍ଧା ଜିଲ୍ଲା ଶିକ୍ଷାଧିକାରୀ ଓ ବୋଲଗଡ ଶିକ୍ଷାଧିକାରୀଙ୍କୁ ଭେଟି ଦାବୀପତ୍ର ପ୍ରଦାନ କରିବେ ବୋଲି ନିଷ୍ପତି ନେଇଛନ୍ତି।

# ସହୀଦ ବାଘାଯତୀନଙ୍କ ସ୍ମୃତି ଦିବସ ପାଳିତ



ବାଲେଶ୍ୱର (ପିଏନ୍)- ବାଲେଶ୍ୱର ସଦର ମହକୁମା ଓ ଚଷାଖଣ୍ଡ ଦେଶୁଆଁ ପୋଖରୀ ଠାରେ ମହାସମାରୋହରେ ସହୀଦ ବାଘାଯତୀନଙ୍କ ୧୦୭ତମ ସ୍ମୃତି ଦିବସ ପାଳିତ ହୋଇଯାଇଛି। ଏହି ସମାରୋହରେ ବିଶିଷ୍ଟ ଅତିଥି ଭାବେ ମାନ୍ୟବର ମନ୍ତ୍ରୀ ଶ୍ରୀ ଜଗନ୍ନାଥ ଶାରକା ଓ ଅଶ୍ୱିନୀ କୁମାର ପାତ୍ର, ମାନ୍ୟବର ବିଧାୟକ ସ୍ୱରୁପ କୁମାର ଦାସ, ପୌରପାଳିକା ଅଧକ୍ଷା ଶ୍ରୀମତୀ ସବିତା ସାହୁ, ବାଘାଯତୀନ ଉନ୍ନୟନ କମିଟିର ସଂପାଦକ ଓ ସଦସ୍ୟ ସଦସ୍ୟା, ପଶ୍ଚିମବଙ୍ଗରୁ ଆମନ୍ତ୍ରିତ ଅତିଥି, ସଭାପତି ତଥା ଜିଲ୍ଲାପାଳ ଶ୍ରୀ ଦତ୍ତାତ୍ରୟ ଭାଉସାହେବ ସିନ୍ଦେ ଓ ବିଶିଷ୍ଟ ମାନ୍ୟଗଣ ବ୍ୟକ୍ତି ସହରରେ ଥିବା ମହାପୁରୁଷ ମାନଙ୍କର ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରି ବାରବାଟୀ ବାଳିକା ବିଦ୍ୟାଳୟରେ ପହ ିଥିଲେ। ସମସ୍ତ ଅତିଥି ପ୍ରଥମେ ଜାତୀୟ ପତାକା ଉତ୍ତୋଳନ କରିବା ପରେ ୧୦୭ଟି ଦୀପ ପ୍ରଜ୍ୱଳନ କରି ସମାରୋହ କୁ ଉଦ୍ଘାଟନ କରିବା ସହ ବାଘାଯତୀନଙ୍କର ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ। ଆୟୋଜିତ ସଭାରେ ବିଶିଷ୍ଟ ଅତିଥିମାନେ ସହୀଦ ବାଘାଯତିନ ଓ ୪ ଜଣ ସାଥୀ ସଂଗ୍ରାମୀଙ୍କର ବୀରତ୍ୱ ଓ ନିର୍ଭିକତା ବିଷୟରେ ଆଲୋଚନା କରିଥିଲେ। ବାଘାଯତୀନଙ୍କ ସ୍ମୃତିରେ ଆୟୋଜିତ ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀମାନଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। ପରେ ସ୍ଥାନୀୟ ବାଘାଯତୀନ କ୍ଲବରେ ଏକ ରକ୍ତଦାନ ଶିବିରକୁ ଅତିଥିମାନେ ଉଦ୍ଘାଟନ କରିଥିଲେ। ପରେ ଚଷାଖଣ୍ଡ ଦେଶୁଆ ପୋଖରୀଠାରେ ଆୟୋଯିତ ଉତ୍ସବରେ ମନ୍ତ୍ରୀ ଅଶ୍ୱିନୀ କୁମାର ପାତ୍ରଙ୍କ ସହ ଜିଲ୍ଲାପାଳ ଶ୍ରୀ ସିନ୍ଦେ ଏବଂ ବିଶିଷ୍ଟ ମାନ୍ୟଗଣ୍ୟ ବ୍ୟକ୍ତିମାନେ ମିଳିତ ହୋଇ ଜାତୀୟ ପତାକା ଉତ୍ତୋଳନ କରିବା ସହିତ ସହୀଦମାନଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ, ପ୍ରଦୀପ ପ୍ରଜ୍ୱଳନ ଏବଂ ପୁଲିସ ବାହିନୀ ଦ୍ୱାରା ସହୀଦ ସଲାମୀ ଆଦି କାର୍ଯ୍ୟକ୍ରମକୁ ସାଫଲ୍ୟମଣ୍ଡିତ କରିଥିଲେ।

# ଶିଳ୍ପୋଦ୍ୟୋଗୀ ସଚେତନତା ଶିବିର



ଫୁଲନଖରା (ପିଏନ୍)-ଜିଲା ଶିଳ୍ପ କେନ୍ଦ୍ର ଆନୁକୂଲ୍ୟରେ ଏକ ସଚେତନତା ଶିବିର ବାରଙ୍ଗ ବ୍ଲକ ଅନ୍ତର୍ଗତ କୁରାଙ୍ଗଶାସନଠାରେ ଅନୁଷ୍ଠିତ ହୋଇଥିଲା। ଏଥିରେ କଟକ ଶିଳ୍ପକେନ୍ଦ୍ର ସହକାରୀ ପରିଚାଳକ ବିମଳକୁମାର ଦାସ, ବାରଙ୍ଗ ବ୍ଲକ ଆଇପିଓ ରିତା ମହନ୍ତ, ଶିକ୍ଷାବିତ ଅଜୟକୁମାର ପତି, ସରପଞ୍ଚ ରୋହିଣୀ ଭୋଇ ପ୍ରମୁଖ ଯୋଗଦେଇ କ୍ଷୁଦ୍ର ଶିଳ୍ପ ମାଧ୍ୟମରେ ସ୍ୱାବଲମ୍ବୀ ହେବାକୁ ଯୁବକ ଯୁବତୀମାନଙ୍କୁ ପରାମର୍ଶ ଦେଇଥିଲେ। ଏତଦ ସହିତ ବିଭାଗର ବିଭିନ୍ନ ଯୋଜନା ବିଷୟରେ ଶିଳ୍ପୋଦ୍ୟୋଗୀଙ୍କୁ ଅବଗତ କରାଯାଇଥିଲା। ଆୟୋଜିତ ଏହି କାର୍ଯ୍ୟକ୍ରମରେ କ୍ଷୁଦ୍ର ଶିଳ୍ପ ଉଦ୍ୟୋଗୀ, ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ସଦସ୍ୟା ଏବଂ ଶିକ୍ଷିତ ଯୁବଗୋଷ୍ଠୀ ଉପସ୍ଥିତ ରହି ଶିଳ୍ପ କେନ୍ଦ୍ର ମାଧ୍ୟମରେ ମିଳୁଥିବା ସହାୟତା ଏବଂ ସ୍କିମ ବାବଦରେ ପଚାରି ବୁଝିଥିଲେ।

# ମାତୃକୃପା

ଦୁର୍ଗା, ଲକ୍ଷ୍ମୀ, ସରସ୍ୱତୀଙ୍କ ନାଁରେ ଆମେ ଧନ ସମ୍ପଦର ପୂଜା କରିବା ଉଚିତ ନୁହେଁ। ଆମ ଜନ୍ମଦାତ୍ରୀ ଜନନୀ ପ୍ରତି ଭକ୍ତି ହିଁ ସମସ୍ତ ଦେବାଦେବୀଙ୍କ ପୂଜା ସହ ସମାନ। ମାଆକୁ ଦିଆଯାଇଥିବା ସୁରକ୍ଷା ହିଁ ଆମ ନିଜ ଜୀବନର ପ୍ରକୃତ ସୁରକ୍ଷା। ପିତା ଯଦି ଧର୍ମର ପ୍ରତିମୂର୍ତ୍ତି ବୋଲି ଗ୍ରହଣ କରାଯାଏ ତେବେ ମାତା ପ୍ରେମର ପ୍ରତିମା ସଦୃଶ। ସନ୍ତାନର କଲ୍ୟାଣ ଦୃଷ୍ଟିରୁ ମାଆ ସେମାନଙ୍କୁ କେବେ କିଛି ଦଣ୍ଡ ଦେଇପାରେ। ଏହି ଦଣ୍ଡ ଆମକୁ କିଭଳି ରକ୍ଷାକରେ ଓ କେଉଁ ଦୃଷ୍ଟିରୁ ସାହାଯ୍ୟ କରେ ତାହା ବୁଝିବାକୁ ଆମର ବିଚାର ଶକ୍ତି ଥିବା ଦରକାର। ପହଁରା ଜଣା ନଥିବା ଲୋକ ଯଦି ନଦୀରେ ମରିଯାଏ, ତେବେ ତାହା ନଦୀର ଦୋଷ ନା ସେ ଲୋକର?

ନିଆଁରେ ଆଙ୍ଗୁଠି ଦେଖାଇଲେ ତାହା ଯୋଡ଼ିଯିବ, ଏଥିପାଇଁ ଆମେ ନିଆଁକୁ ଦୋଷ ଦେବା କି? ଏହା ଆମ ନିଜ ଦୋଷ, କାରଣ ନିଆଁ ପୋଡ଼ି ଦିଏ ଏ କଥା ଆମେ ଜାଣିଲୁ ନାହିଁ। ସେହିପରି ମାଆଙ୍କୁ ଖରାପ ଲାଗିଲା ଭଳି ଆଚରଣ ଦେଖାଇ ଆମେ ଯଦି ଦଣ୍ଡ ଭୋଗ କଲେ ତେବେ ଏଥିରେ ମାଆକୁ ଦୋଷ ଦେଇ ଫଳ କ'ଣ ପାଇବ? ଏହା ପୁଣି ଏକ ନିନ୍ଦନୀୟ କଥା। ମାଆକୁ ଭଲ ଲାଗିଲା ଭଳି, ମାଆକୁ ସନ୍ତୁଷ୍ଟ କଲାଭଳି, ଆନନ୍ଦ ଦେଲା ଭଳି କାମ ଆମ୍ଭେମାନେ କରିବା ଉଚିତ। ନବରାତ୍ରୀ ଉତ୍ସବ ବାସ୍ତବିକ ସେଥିପାଇଁ ଉଦ୍ଦିଷ୍ଟ ଯାହା ଦ୍ୱାରା ଆମେ ମାଆର ପ୍ରାଧାନ୍ୟ ବୁଝିପାରିବା, ମାଆକୁ ଭକ୍ତି କରିପାରିବା, ଏବଂ ମାଆର ପ୍ରିୟ ମାର୍ଗରେ ଚାଲିପାରିବା। ଅପରପକ୍ଷରେ, ଲୋକ ଅଛନ୍ତି ଯେଉଁମାନେ ନିଜ ମାଆକୁ ଅଣହେଳା କରି ଦୁର୍ଗା, ଲକ୍ଷ୍ମୀ, ସରସ୍ୱତୀଙ୍କୁ ପୂଜା କରିବା ପାଇଁ ଫୁଲ କିଣି ଆସନ୍ତି। ଜନ୍ମଦାତ୍ରୀ ମାଆ ହିଁ ଦୁର୍ଗା, ଲକ୍ଷ୍ମୀ ଓ ସରସ୍ୱତୀଙ୍କ ସାକ୍ଷାତ ସ୍ୱରୂପ। ମାଆ ଆଖିରୁ ଲୁହ ଠୋପାଏ ଝରିବାକୁ ଦେବାନାହିଁ। ବିଦେଶୀମାନେ ମଧ ସେମାନେ ବିଶ୍ୱାସ କରନ୍ତି ଯେ ଯେଉଁଠାରେ ନାରୀମାନଙ୍କୁ କଷ୍ଟ ଦିଆଯାଏ ସେଠାକାର ଅଭିବୃଦ୍ଧି ଉଭେଇ ଯାଏ। ତେଣୁ ଯାହା ହୋଇଯାଉ ପଛକେ, ମାଆକୁ ଦୁଃଖିନୀ ନ କରିବା ହେଉଛି ଆମର ପ୍ରଧାନ ଓ ପ୍ରଥମ କର୍ତ୍ତବ୍ୟ। କେବଳ ସୀତାଙ୍କୁ କନ୍ଦାଇବା ଯୋଗୁଁ ସମଗ୍ର ରାବଣ ବଂଶ ଧ୍ୱଂସ ହୋଇଗଲା। ଦ୍ରୌପଦୀଙ୍କୁ କନ୍ଦାଇବା ଯୋଗୁଁ ସମଗ୍ର କୌରବ ବଂଶ ଧ୍ୱଂସ ହୋଇଗଲା। ତେଣୁ କୌଣସି ପରିସ୍ଥିତିରେ ବି ଲୋକମାନେ ସ୍ତ୍ରୀ ଲୋକମାନଙ୍କୁ କନ୍ଦାଇବା ଉଚିତ ନୁହେଁ। ଏକଥା ବି ସମସ୍ତେ ଜାଣିବା ଦରକାର ଯେ ପ୍ରତ୍ୟେକ ନାରୀ ମାତୃଶକ୍ତିର ସାକାର ପ୍ରତିମୂର୍ତ୍ତି। ତେଣୁ ଆମ୍ଭେମାନେ ସେମାନଙ୍କୁ ସମ୍ମାନ ଓ ମର୍ଯ୍ୟାଦା ପ୍ରଦର୍ଶନ କରିବା ଉଚିତ।

# ଟ୍ରକ୍ ଚୋରି ର୍‍ୟାକେଟ୍ ଠାବ, ୯ ଅଟକ

ଧର୍ମଶାଳା (ପିଏନ୍): ଧର୍ମଶାଳା ଥାନା ପୁଲିସ୍ ଏକ ବଡ଼ଧରଣର ଟ୍ରକ୍ ଚୋରି ର୍‍ୟାକେଟ୍‌କୁ ଠାବ କରିଛି। ର୍‍ୟାକେଟ୍‌ର କିଙ୍ଗ୍‌ପିନ୍ ସମେତ ଆଜିସୁଦ୍ଧା ଏହି ଘଟଣାରେ ପୁଲିସ୍ ୯ଜଣ ଅଭିଯୁକ୍ତଙ୍କୁ ଧରିବାରେ ସକ୍ଷମ ହୋଇଛି। ସେମାନଙ୍କ ମଧ୍ୟରେ ବଡଚଣା ଥାନା ଅ ଳର ୨ଜଣ ଜିଲ୍ଲାସ୍ତରୀୟ ଛାତ୍ରନେତା ସାମିଲ୍ ଥିବା ଚର୍ଚ୍ଚା ହେଉଛି। ଏମାନଙ୍କୁ ଧର୍ମଶାଳା ଅ ଳର ଜଣେ ପ୍ରଭାବଶାଳୀ ବ୍ୟକ୍ତି ସହଯୋଗ କରୁଥିବା ଜଣାପଡ଼ିଛି। ସମସ୍ତଙ୍କୁ ଥାନାରେ ଅଟକ ରଖାଯାଇ ପଚରାଉଚରା କରାଯାଉଥିବା ବେଳେ ଏହି ଘଟଣାରେ ଆଉ କେଉଁମାନେ ସଂପୃକ୍ତ ଅଛି' ପୁଲିସ୍ ଏହାର ଖୋଳତାଡ଼ କରୁଛି। ସଂପୃକ୍ତ ଦୁଇଜଣ ଛାତ୍ରନେତାଙ୍କୁ ଖସାଇ ନେବାପାଇଁ ଏକ ରାଜନୈତିକ ଦଳ ପକ୍ଷରୁ ପୁଲିସ୍ ଉପରେ ପ୍ରବଳ ଚାପ ପଡୁଥିବା ଶୁଣିବାକୁ ମିଳୁଛି। ପ୍ରକାଶ ଯେ, ଏକ କ୍ରୋମାଇଟ୍ ବୋଝେଇ ଟ୍ରକ୍ ଚୋରି ଘଟଣାର ତଦନ୍ତ କରୁଥିବା ବେଳେ ପୁଲିସ୍ ଉକ୍ତ ର୍‍ୟାକେଟ୍‌କୁ ଠାବ କରିଥିଲା। ବଡଚଣା ଅ ଳର କେତେକ ଅସାମାଜିକ ଯୁବକ ବିଭିନ୍ନ ସ୍ଥାନରୁ ଟ୍ରକ୍ ଚୋରି କରି ଅନ୍ୟତ୍ର ଚାଲାଣ କରୁଥିଲେ। ପରେ ଟ୍ରକ୍‌କୁ କାଟି ବିଭିନ୍ନ ଯନ୍ତ୍ରାଂଶ ବିକ୍ରି କରି ବେଶ୍ ମୁନାଫା ପାଉଥିଲେ। ଏଥିସହିତ ସେମାନେ ସ୍କ୍ରାପ୍ ଚୋରା କାରବାରରେ ମଧ୍ୟ ଲିପ୍ତ ଥିବା ଜଣାପଡ଼ିଥିଲା। ଏ ସଂପର୍କରେ ସୂଚନା ପାଇ ପୁଲିସ୍ ଖୋଳତାଡ଼ ଆରମ୍ଭ କରିଥିଲା। ପୁଲିସ୍ ଧର୍ମଶାଳା ଓ ବଡ଼ଚଣା ଥାନା ଅ ଳର ବିଭିନ୍ନ ସ୍ଥାନରେ ଚଢ଼ଉ କରି ଦୁଇଦିନ ମଧ୍ୟରେ ୬ଜଣ ଅଭିଯୁକ୍ତଙ୍କୁ ଧରିବା ସହ ଚୋରି ଟ୍ରକ୍‌କୁ ଜବତ କରିଛି। ସେହିପରି ଟ୍ରକ୍ କିଣାବିକା ଘଟଣାରେ କୋଲକତାର ୨ଜଣ ଓ ଧର୍ମଶାଳା ଅ ଳର ଜଣେ କାର୍ପଟଦାରକୁ ଥାନାକୁ ଉଠାଇ ଆଣି ପୁଲିସ୍ ପଚରାଉଚରା କରୁଛି। ଏହି ଘଟଣାରେ ଅନ୍ୟମାନଙ୍କର ସମ୍ପୃକ୍ତି ରହିଥିବା ବେଳେ ତଦନ୍ତ ବ୍ୟାହତ ହେବା ଆଶଙ୍କାରେ ପୁଲିସ୍ ଏନେଇ କୌଣସି ସୂଚନା ଦେଉନାହିଁ।

# ରୋଟାରୀ କ୍ଲବ ପକ୍ଷରୁ ମାଗଣା ଚକ୍ଷୁ ଚିକିତ୍ସା ଶିବିର



ଧର୍ମଶାଳା (ପିଏନ୍): ଜାରକା ରୋଟାରୀ କ୍ଲବ ପକ୍ଷରୁ କ୍ଲବ ପରିସରରେ ଏକ ମାଗଣା ଚକ୍ଷୁ ଚିକିତ୍ସା ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ଆଖପାଖ ଅଂଚଳର ୨୫ଜଣଙ୍କର ଚକ୍ଷୁ ପରୀକ୍ଷା କରାଯାଇ ସେମାନଙ୍କ ମଧ୍ୟରୁ ୬ଜଣଙ୍କର ମୋତିଆବିନ୍ଦୁ ଥିବା ଜଣାପଡିଥିଲା। ଏମାନଙ୍କ ମଧ୍ୟରୁ ୪ଜଣ ମୋତିଆବିନ୍ଦୁ ରୋଗୀଙ୍କୁ କଟକସ୍ଥିତ ରୋଟାରୀ ଚକ୍ଷ୍ୟୁ ଚିକିତ୍ସା କେନ୍ଦ୍ରକୁ ପଠାଯାଇଥିଲା। ଉକ୍ତ ରୋଗୀ ମାନଙ୍କ ସମସ୍ତ ଖର୍ଚ୍ଚ ରୋଟାରୀ କ୍ଲବ ପକ୍ଷରୁ ବହନ କରାଯିବ। ଏହି ଚକ୍ଷୁ ଚିକିତ୍ସା ଶିବିରରେ ଜେପିଏମ ରୋଟାରୀ ଚକ୍ଷୁ ହସପିଟାଲର ଡାକ୍ତର ଅମିତଭିଦା ସାରିଆ ଚକ୍ଷୁ ପରୀକ୍ଷା କରିଥିବାବେଳେ ଅପ୍ଟୋମେଟ୍ରିକ ଗାୟତ୍ରୀ ପ୍ରିୟଦର୍ଶିନୀ, ନନ୍ଦିନୀ ନାୟକ ଓ କ୍ୟାମ୍ପ ଅର୍ଗାନାଇଜର ସୁରଜ କୁମାର ଦାଶ ଚିକିତ୍ସାରେ ସହଯୋଗ କରିଥିଲେ। ଏହି ଶିବିରକୁ ଜାରକା ରୋଟାରୀ କ୍ଲବର ସଭାପତି ପ୍ରମୋଦ କୁମାର ସାମଲ, ସମ୍ପାଦକ ସୁକାନ୍ତ କୁମାର ସ୍ୱାଇଁ, ପ୍ରଦୀପ୍ତ ବରାଳ, ଜୟନ୍ତ କୁମାର ସାହୁ, ସତ୍ୟାନନ୍ଦ ବରାଳ, ରାଜେନ୍ଦ୍ର ପଲେଇ, କ୍ୟାପଟେନ ତ୍ରିଲୋଚନ ବିଶ୍ୱାଳ, ଅମୁଲ୍ୟ ମହାରଣା, ହରିହର ପଣ୍ଡା ଓ କାଦମ୍ବିନୀ ମିଶ୍ର ପରିଚାଳନାରେ ସହାୟତା କରିଥିଲେ। ସୂଚନାଯୋଗ୍ୟ ରୋଟାରୀ କ୍ଲବ ଜାରକା ପକ୍ଷରୁ ପ୍ରତ୍ୟେକ ମାସର ଦ୍ୱିତୀୟ ଓ ଚତୁର୍ଥ ରବିବାର ଦିନ ରୋଟାରୀ କ୍ଲବ ପରିସରରେ ଏଭଳି ଚକ୍ଷୁ ଚିକିତ୍ସା ଶିବିରର ଆୟୋଜନ କରାଯିବ ବୋଲି ସମ୍ପାଦକ ଶ୍ରୀ ସ୍ୱାଇଁ ସୂଚନା ଦେଇଛନ୍ତି।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Praggyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication




## ବଜାରଦାଣ୍ଡି ଅଙ୍ଗନୱାଡି କେନ୍ଦ୍ରରେ ବ୍ୟାପକ ଦୁର୍ନୀତି ବିରୋଧରେ ଉପଜିଲ୍ଲାପାଳଙ୍କୁ ଅଭିଯୋଗ

କେନ୍ଦ୍ରାପଡ଼ା, (ପି.ଏନ): କେନ୍ଦ୍ରାପଡା ଜିଲ୍ଲାର ଆଳି ସମନ୍ୱିତ ଶିଶୁ ବିକାଶ ଯୋଜନା ଅଧିନ ମହୁ ବଜାରଦାଣ୍ଡି ଅଙ୍ଗନୱାଡିକେନ୍ଦ୍ରରେ ବ୍ୟାପକ ଦୁର୍ନୀତି ହୋଇଥିବା ନେଇ ଦୁଷ୍ମନ୍ତ ନାରାୟଣ ଆଚାର୍ଯ୍ୟ କେନ୍ଦ୍ରାପଡା ଉପଜିଲ୍ଲାପାଳଙ୍କ ନିକଟରେ ଆଜି ଅଭିଯୋଗ କରିଛନ୍ତି। ସେହି ଅଭିଯୋଗ ଅନୁଯାୟୀ ସେହି ଅଙ୍ଗନୱାଡିକେନ୍ଦ୍ର ନିମନ୍ତେ ଔଷଧ କିଣାଯାଇଥିବା ନେଇ ମିଥ୍ୟା ବିଲ୍ ପ୍ରସ୍ତୁତ, ପ୍ଲେସ୍କୁଲ ପାଇଁ କିଟ୍ କିଣାଯାଇଥିବା ନେଇ ମିଥ୍ୟାବିଲ୍ ପ୍ରସ୍ତୁତ, ଗାଁ କଲ୍ୟାଣ ଯୋଜନାରେ ମଞ୍ଜୁର ହୋଇଥିବା ଅର୍ଥ କୁ ଖର୍ଚ୍ଚ କରାନଯାଇ ଉଠାଇନେବା, ରନ୍ଧା ଖାଦ୍ୟ ପ୍ରଦାନ କରାନଯାଇ ବିଲ୍ କରାଯିବା, ଅଣ୍ଡା କିଣାରେ ଦୁର୍ନୀତି ଓ ଅଣ୍ଡା ବ ନରେ ଅନିୟମିତତା, ଛତୁଆ, ଲଡୁ ପ୍ରଭୃତି ବ ନ କରାନଯାଇ ତୋଷରପାତ କରାଯିବା, କେନ୍ଦ୍ରରେ ୬ଜଣ ପିଲା ଥିବା ବେଳେ ୩୪ଜଣ ଥିବା ଦର୍ଶାଇ ସରକାରୀ ସହାୟତାକୁ ହଡପ କରିବା ପ୍ରଭୃତି ଅଭିଯୋଗରେ ଦର୍ଶାଯାଇଛି। ଏସମ୍ପର୍କରେ ଆଳି ସମନ୍ୱିତ ଶିଶୁ ବିକାଶ ଯୋଜନା କାର୍ଯ୍ୟାଳୟ ପକ୍ଷରୁ ତଦନ୍ତ କରାଯିବାରେ ଅଭିଯୋଗ ଗୁଡିକରେ ସତ୍ୟତା ଥିବା ଶିଶୁ ବିକାଶ ଯୋଜନା ଅଧିକାରୀଙ୍କୁ କ୍ଷେତ୍ର ପରିଦର୍ଶିକା ରିପୋର୍ଟ ପ୍ରଦାନ କରିଛନ୍ତି। କିନ୍ତୁ ଆଳି ଶିଶୁ ବିକାଶ ଯୋଜନା ଅଧିକାରୀ ଏସମ୍ପର୍କରେ କୌଣସି ପଦକ୍ଷେପ ଗ୍ରହଣ କରିନଥିବା ଅଭିଯୋଗକାରୀ ଶ୍ରୀ ଆଚାର୍ଯ୍ୟ ଉପଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି।

# ଶ୍ରମିକ ବିରୋଧି ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇବା ପାଇଁ ଶ୍ରମିକ କର୍ମଚାରୀ ବଦ୍ଧ ପରିକର




ଭୁବନେଶ୍ୱର, ୨୭।୧୦(ପି.ଏନ): କେନ୍ଦ୍ରରେ ବି.ଜେ.ପି ସରକାର ଏବଂ ରାଜ୍ୟରେ ବି.ଜେ.ଡ଼ି ସରକାର କୃଷକ କର୍ମଚାରୀ ବିରୋଧି ହୋଇଥିବାରୁ ଆଗାମୀ ବାଲେଶ୍ୱର ଓ ତ୍ରିତୋଲ ବିଧାନସଭା ଉପନିର୍ବାଚନରେ ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀ ମମତା କୁଣ୍ଡୁ ଓ ଜଗତସିଂହପୁର ପ୍ରାର୍ଥୀ ହିମାଂଶୁ ମଲ୍ଲିକଙ୍କୁ ଜିତାଇବା ପାଇଁ ଗତ ତା. ୨୨.୧୦.୨୦୨୦ ରିଖରେ ବାଲେଶ୍ୱର ଦୁର୍ଗା ଗାର୍ଡେନ ଠାରେ ଜାତୀୟ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଜାତୀୟ ଉପସଭାପତି, ଓଡ଼ିଶା ଶାଖାର ସଭାପତି ତଥା ପ୍ରାକ୍ତନ ସାଂସଦ ଡକ୍ଟର ରାମଚନ୍ଦ୍ର ଖୁଂଟିଆଙ୍କ ପୌରାହିତରେ ଅନୁଷ୍ଠିତ ରାଷ୍ଟ୍ରୀୟ ମଜଦୁର କଂଗ୍ରେସର ଆଂଚଳିକ ସମ୍ମିଳନୀରେ ନିଷ୍ପତି ନିଆଯାଇଛି। ଏହି ସମ୍ମିଳନୀରେ ଏ.ଆ।ଇ.ଟି.ୟୁ.ସି., ସି.ଆଇ.ଟି.ୟୁ., ଏଚ.ଏମ୍.ଏସ୍. ଏ.ଆଇ.ସି.ସି.ଟି.ୟୁ ପ୍ରଭୃତି ସମସ୍ତ କେନ୍ଦ୍ରୀୟ ଶ୍ରମିକ ସଂଗଠନକୁ ଶ୍ରମିକ କର୍ମଚାରୀ ବିରୋଧି ବି.ଜେ.ପି. ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରାଯାଇଛି। ଏହି ସମ୍ମିଳନୀକୁ ବିଧିବଧ ଭାବେ ଉଦ୍‌ଘାଟନ କରି ଅଖିଳ ଭାରତ କଂଗ୍ରେସ କମିଟିର ସାଧାରଣ ସଂପାଦକ ତଥା ସାଂସଦ ଡକ୍ଟର ଏ. ଚେଲ୍ଲା କୁମାର କହିଥିଲେ ଯେ, ରାଷ୍ଟ୍ରୀୟ ମଜଦୁର କଂଗ୍ରେସ କେବଳ ଭାରତ ନୁହେଁ ସାରା ପୃଥିବୀରେ ବୃହତମ ଶ୍ରମିକ ସଂଗଠନ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଭାରତ ବର୍ଷରେ ପ୍ରଣିତ ସମସ୍ତ ଶ୍ରମ ଆଇନ ଗୁଡ଼ିକୁ ପ୍ରଣୟନ କରିବା ପାଇଁ ମୁଖ୍ୟ ଭୂମିକା ନେଇଥିଲେ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ରାଜନୈତିକ ଦୃଷ୍ଟି କୋଣରୁ କଂଗ୍ରେସକୁ ସମର୍ଥନ କରୁଥିଲେ ହେଁ ଶ୍ରମିକ କର୍ମଚାରୀଙ୍କ ସ୍ୱାର୍ଥ ପାଇଁ କଂଗ୍ରେସ ସରକାରଙ୍କ କାର୍ଯ୍ୟକୁ କେବେ ପ୍ରତିବାଦ କରିବା ପାଇଁ ପଛାଇ ନାହିଁ। ଏଣୁ ଏହି ପରିପ୍ରେକ୍ଷୀରେ ଶ୍ରମିକ କର୍ମଚାରୀ ଓ ଚାଷୀ ବିରୋଧି ମୋଦୀ ଓ ନବୀନ ପଟ୍ଟନାୟକଙ୍କ ପ୍ରାର୍ଥୀଙ୍କୁ ବାଲେଶ୍ୱର ଓ ତ୍ରିତୋଲରୁ ହରାଇ କଂଗ୍ରେସ ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରିଥିଲେ। ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ସଭାପତି ଶ୍ରୀଯୁକ୍ତ ନିରଞ୍ଜନ ପଟ୍ଟନାୟକ ମୁଖ୍ୟ ଅତିଥି ଭାବରେ ଏହି ସଭାରେ ଉଦ୍‌ବୋଧନ ଦେଇ କହିଥିଲେ ଯେ, ବାଲେଶ୍ୱରର ସମସ୍ତ ଉନ୍ନୟନ କାର୍ଯ୍ୟ ଓ କଳକାରଖାନା କେବଳ କଂଗ୍ରେସ ସମୟରେ ହିଁ ହୋଇଛି। ଅନ୍ୟ କୌଣସି ଦଳର ବାଲେଶ୍ୱର ସହରର ଉନ୍ନୟନ ପାଇଁ କିଛି ଅବଦାନ ନାହିଁ ଏବଂ କଂଗ୍ରେସ ପ୍ରାର୍ଥୀ ମମତା କୁଣ୍ଡୁ ଜଣେ ଦକ୍ଷ ନାରୀ ନେତ୍ରୀ, ତେଣୁ ତାଙ୍କୁ ବିପୁଳ ଭୋଟ ଦେଇ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। ରାଜ୍ୟ ବିଧାନ ସଭା ଶ୍ରୀ ତାରା ବାହିନୀ ପତି, ବିଧାୟକ, ଶ୍ରୀ ସପ୍ତଗିରି ଉଲ୍ଲାକା, କୋରାପୁଟ ସାଂସଦ, ଶ୍ରୀଯୁକ୍ତ ପ୍ରଦୀପ ମାଝୀ, ପ୍ରାକ୍ତନ ସାଂସଦ ତଥା ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର କାର୍ଯ୍ୟକାରୀ ସଭାପତି ଓ ସୁଦର୍ଶନ ଦାସ ପ୍ରମୁଖ ଏହି ସଭାରେ ଉଦ୍‌ବୋଦନ ଦେଇ କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁଙ୍କୁ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁ ଏହି ସଭାରେ ଉଦ୍‌ବୋଧନ ଦେଇ ବାଲେଶ୍ୱର ସହରର ସମସ୍ତ କାର୍ଯ୍ୟ କରିବା ସଂଗେ ସଂଗେ ବି.ଜେ.ଡ଼ି ଓ ବି.ଜେ.ପି ସରକାର ବାଲେଶ୍ୱର ଅଧିବାସୀଙ୍କ ଆଶା ଆକାକ୍ଷା ପୂର୍ଣ୍ଣ କରିବା ପାଇଁ ସଂପୂର୍ଣ୍ଣ ବିଫଳ ହୋଇଥିବାରୁ ୩ ବର୍ଷ ତାଙ୍କୁ ସୁଯୋଗ ଦେବା ପାଇଁ ବିନମ୍ର ନିବେଦନ କରିଥିଲେ। ଡକ୍ଟର ଖୁଂଟିଆ, ପୂର୍ବତନ ସାଂସଦ ଏହି ସଭାରେ ପୌରାହିତ କରି ବାଲେଶ୍ୱର ଜିଲ୍ଲା ସଦର ମହକୁମା ମେଡ଼ିକାଲ କଲେଜ ଏବଂ ଇକ୍ଷକ୍ଷଗଝ ର ପ୍ରସ୍ତାବ କଂଗ୍ରେସ ସରକାର ସମୟରେ ଗୋଲାବ ନବୀ ଆଜାଦ ଘୋଷଣା କରିଥିଲେ ଏବଂ ଡକ୍ଟର ଖୁଂଟିଆ ନିଜେ ଇଓଓଗଝ ର ସଦସ୍ୟ ଥିଲେ। ଯାହା ଏପର୍ଯ୍ୟନ୍ତ କାର୍ଯ୍ୟକାରୀ ହୋଇନଥିବା କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଫଳତାର ଜ୍ୱଳନ୍ତ ନିଦର୍ଶନ। ଏହି ସଭାରେ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ସାଧାରଣ ସଂପାଦକ କିଶୋର ଜେନା, ଉପସଭାପତି ମଦନ ମୋହନ ଧଳ, ବିଦ୍ୟାଧର ମହାନ୍ତି, କୋଷାଧକ୍ଷ ଧରଣୀ ଧର ସ୍ୱାଇଁ, ଯୁଗ୍ମ ସଂପାଦକ ଅକ୍ଷୟ ତ୍ରିପାଠୀ, ପ୍ରଣତୀ ମିଶ୍ର, ସୁରେଶ ବେହେରା, ବାସନ୍ତୀ ସାମଲ, ବିକାଶ ଦାସ, ରଘୁନାଥ ମାଝୀ, ପରାମାନନ୍ଦ ସେଠୀ, ବିଷ୍ଣୁ ରଥ, ବିଜୟ ଦ୍ୱିବେଦୀ, ବିଜୟ ବୋଇତଇ, ଚନ୍ଦ୍ରକାନ୍ତ ଖଣ୍ଡେଇ ଓ ରମାକାନ୍ତ ଗାହାଣ ପ୍ରମୁଖ ଯୋଗଦେଇଥିଲେ।

## 'କାଗଜ ଗୁଡି'ର ଶୁଭମହୁରତ୍

ଭୁବନଶ୍ୱେର,(ପିଏନ): ସୁମିତ୍ରା ଏଂଟରଟେନ୍‌ମେଂଟ୍ ନିବେଦିତ ଓଡିଆ ଚଳଚ୍ଚିତ୍ର 'ମନ ମୋର କାଗଜଗୁଡି'ର ମହୁରତ ହୋଇଯାଇଛି। ନିକୋପାର୍କ ନିକଟସ୍ଥ ସୁନାଦେଇ ମନ୍ଦିରରେ ଆୟୋଜିତ ଏହି ମହୁରତ ଉତ୍ସବରେ ମାନ୍ୟବର ଭୁବନେଶ୍ୱର ମଧ ବିଧାୟକ ଶ୍ରୀ ଅନନ୍ତ ନାରାୟଣ ଜେନା ମହୁରତ କ୍ଲାପ ଦେଇ ଚଳଚ୍ଚିତ୍ରର ଆନୁଷ୍ଠାନିକ ଭାବେ ଶୁଭାରମ୍ଭ ସହିତ ଟାଇଟଲ୍ ଉନ୍ମୋଚିତ କରିଥିଲେ। ରାକେଶ ଓ ଭୂମିକାଙ୍କ ଅଭିନୀତ ଏହି ଚଳଚ୍ଚିତ୍ରର ନିର୍ଦ୍ଦେଶନା ଦେଉଛନ୍ତି ଡିରେକ୍ଟର ଦେବଜ୍ୟୋତି ପାତ୍ର (ଦୀପୁ)। ଯଦିଓ ନିର୍ଦ୍ଦେଶକ ଭାବେ ଏହା ତାଙ୍କର ପ୍ରଥମ ସିନେମା ହେବ ତେବେ ଷାଠିଏରୁ ଉର୍ଦ୍ଧ୍ୱ ସିନେମାର ସେ ଚିଫ୍ ଏସୋସିଏଟ୍ ଡିରେକ୍ଟର ଭାବେ କାମ କରିସାରିଛନ୍ତି। ନାୟକ ନାୟିକା ଭାବେ ନଜର ଆସିବେ ୟଙ୍ଗ୍ ସେନ୍‌ସେସନ ରାକେଶ ଓ ଭୂମିକା। ରାକେଶ ଓ ଭୂମିକା ଯୋଡିର ଏହା ପ୍ରଥମ ଚଳଚ୍ଚିତ୍ର। ଅନ୍ୟାନ୍ୟ ଭୂମିକାରେ ପ୍ରୀତିରାଜ ଶତପଥୀ, ଐଶ୍ୱର୍ଯ୍ୟା ବେହେରା, ମମତା ଦାଶ, ବୀରେନ୍ ମିଶ୍ର, ଗୁଡୁ, ଜ୍ଞାନ ପ୍ରମୁଖଙ୍କୁ ଦେଖିବାକୁ ମିଳିବ। ଯୁବ ଉଦ୍ୟୋଗୀ ଶିବିର ପରିଡା ଓ ଲକ୍ଷ୍ମୀପ୍ରିୟା ପରିଡାଙ୍କ ପ୍ରଯୋଜନାରେ ନିର୍ମିତ 'ମନ ମୋର କାଗଜ ଗୁଡି'ର ସହ ପ୍ରଯୋଜକ ଅଛନ୍ତି ବିବେକାନନ୍ଦ ବାରିକ ଓ ପାର୍ବତୀ ବାରିକ। ସଙ୍ଗୀତ ଦେଇଛନ୍ତି ଜାପାନୀ ଭାଇ। ଗୀତରଚନା କରିଛନ୍ତି ବସନ୍ତରାଜ ସାମଲ ଓ ସୁବ୍ରତ ସ୍ୱାଇଁ। ଦିବ୍ୟସିଂହ ରାୟଙ୍କ ରଚିତ କାହାଣୀରେ ସଂଳାପ ଦେଇଛନ୍ତି ମାନସ ପଢିଆରୀ। ସୋମିଓ ସିନେମାଟୋଗ୍ରାଫର ଥିବାବେଳେ ମୁଖ୍ୟ ସହକାରୀ ନିର୍ଦ୍ଦେଶକ ଓ ସହକାରୀ ନିର୍ଦ୍ଦେଶକ ଅଛନ୍ତି ସ୍ୱାଗତ ପାତ୍ର ଏବଂ ଜୁନିୟର ସିଦ୍ଧାନ୍ତ। ମେକ୍ ଅପ୍‌ରେ ରାଜୁ, କେଶବିନ୍ୟାସରେ ତୁଳସୀ ଓ କଳାରେ ନବଘନ ଦଳେଇ ଥିବାବେଳେ ବ୍ୟବସ୍ଥାପନାରେ ଅଛନ୍ତି ସର୍ବେଶ୍ୱର ସୂତାର। ଚଳଚ୍ଚିତ୍ରର ପ୍ରଚାର ଓ ପ୍ରସାର ଦାୟିତ୍ୱ ବହନ କରିଛନ୍ତି 'ବେଷ୍ଟ ଆଇଡିଆଜ୍'। 'ମନ ମୋର କାଗଜ ଗୁଡି' ଶୀର୍ଷକରେ ନିର୍ମିତ ଏହି ଚଳଚ୍ଚିତ୍ରର କାହାଣୀ ସମ୍ପୂର୍ଣ୍ଣ ଭିନ୍ନ ଧରଣର। ଓଡିଆ ଚଳଚ୍ଚିତ୍ରର ଶୀର୍ଷକରେ ଇଂରାଜୀ ଓ ହିନ୍ଦୀ ଶବ୍ଦର ବ୍ୟବହାରକୁ ନେଇ ଦର୍ଶକ ଓ ସମାଲୋଚକମାନେ ପ୍ରଶ୍ନ ଉଠାଇ ଆସିଛନ୍ତି। ସେ ଦୃଷ୍ଟିରୁ ଏହାର ଶୀର୍ଷକ ନିଆରା। ଏହା ଏମିତି ଏକ ଶୀର୍ଷକ ଯେଉଁଥିରେ ଓଡିଆତ୍ୱ ରହିଛି, ରହିଛି ଆପଣାପଣ। ଯେମିତି ମିଠା ସେମିତି ମନଛୁଆଁ। ଶୀର୍ଷକରୁ ହିଁ ଦର୍ଶକ ଅନୁମାନ କରିପାରିବେ ଯେ ଏହା ଏକ ମୌଳିକ କାହାଣୀ। କୌଣସି ସିନେମାର କପି ନୁହେଁ କି ଏଥିରେ କୌଣସି ସିନେମାର ଛାପ ନାହିଁ। ଆଉ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ସାମ୍ପ୍ରତିକ ସମସ୍ୟା ଉପରେ ଏହା ଆଧାରିତ। ବିଭିନ୍ନ ପ୍ରକାର ଚାପର ଶିକାର ହୋଇ ଯୁବ ପିଢି କିପରି ଅବାଟରେ ପାଦ ରଖୁଛନ୍ତି ଓ ନିଶା କବଳରେ କବଳିତ ହେଉଛନ୍ତି, ତାର ନଜିର ରହିଛି ଏଥିରେ। ବାଟବଣା ଯୁବ ବର୍ଗଙ୍କୁ ବାଟକୁ ଆଣିବାକୁ ସୁମିତ୍ରା ଏଂଟରଟେନ୍ ମେଂଟ୍‌ର ଏ ପ୍ରୟାସ। କାହାଣୀରେ ମନୋରଞ୍ଜନର ଭରପୂର ମସଲା ରହିଛି। ସବୁ ବର୍ଗର ଦର୍ଶକଙ୍କୁ ଏହା ପସନ୍ଦ ଆସିବ। ଏହା ଏକ ବ୍ୟୟବହୁଳ ଛବି ହୋଇଥିବା ବେଳେ ଗୀତଗୁଡିକ ବାହାର ଲୋକେସନରେ ସୁଟିଂ କରାଯିବାର ଯୋଜନା ରହିଛି। ସିନେମା ପାଇଁ କେବଳ ସିନେମା ନୁହେଁ। କରୋନା ଯୋଗୁ ଠପ୍ ହୋଇଯାଇଛି ସିନେମା ଶିଳ୍ପ। କଳାକାର ଓ ଟେକ୍ନିସିଆନଙ୍କ ହାତରେ ପ୍ରାୟତଃ କାମ ନାହିଁ। ନାହିଁ ନଥିବା ଅସୁବିଧା ଭୋଗୁଛନ୍ତି ସମସ୍ତେ। ଏଣୁ ସୁମିତ୍ରା ଏଂଟରଟେନ୍‌ମେଂଟ୍ ପକ୍ଷରୁ କଳାକାର ଓ ଟେକ୍ନିସିଆନ୍‌ମାନଙ୍କୁ କାମ ଯୋଗାଇଦେବା ଉଦ୍ଦେଶ୍ୟ ନେଇ ଏହି ଚଳଚ୍ଚିତ୍ରର ଯୋଜନା କରାଯାଇଛି ବୋଲି ସ୍ପଷ୍ଟ କରିଛନ୍ତି ପ୍ରଯୋଜକ ଶିବିର କୁମାର ପରିଡା। ମହୁରତ ଉତ୍ସବରେ ଏହାର ସମସ୍ତ କଳାକାର ଓ ଟେକ୍ନିସିଆନଙ୍କ ସମେତ ଓଲିଉଡର ସହ ସମ୍ପୃକ୍ତ ବହୁ [illegible] ତାରିଖରେ 'ମନମୋର କାଗଜଗୁଡି' [illegible]

## ବଧୂ ହତ୍ୟା ଅଭିଯୁକ୍ତଙ୍କୁ ଧରୁନି ପୁଲିସ, ଏସପିଙ୍କୁ ଭେଟିଲେ ପରିବାର ଲୋକେ

କୋରେଇ, (ପିଏନ)-ଯାଜପୁର ଥାନା ଅନ୍ତର୍ଗତ ଧନିପୁର ଗ୍ରାମର ସରସ୍ୱତୀ ପାଣି ନାମକ ମହିଳାଙ୍କୁ ତାଙ୍କ ଶାଶୁଘର ପରିବାର ପକ୍ଷରୁ ଯୌତୁକ ଦାବିରେ କିରୋସିନି ଢାଳି ନିଆଁ ଲଗାଇଦେଇଥିଲେ। ଗତ ଅଗଷ୍ଟ ୨୮ ତାରିଖ ଏଭଳି କାଣ୍ଡ ଘଟିବା ପରେ ସରସ୍ୱତୀଙ୍କୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା। ଏନେଇ ଅଭିଯୋଗ ପରେ ପୁଲିସ ମାମଲା ରୁଜୁ କରି ସରସ୍ୱତୀର ସ୍ୱାମୀ ମାର୍କଣ୍ଡପୁର ଗ୍ରାମର ନରେନ୍ଦ୍ର ପାଣିଙ୍କ ପୁଅ ରବିନ୍ଦ୍ରକୁ ଗିରଫ କରିଥିଲା। ମାତ୍ର ଅନ୍ୟ ଅଭିଯୁକ୍ତ ଶାଶୁ ପ୍ରେମଲତା, ନଣନ୍ଦ ରୀନା ଓ ନଣନ୍ଦେଇ କାଦୁଆକୁ ପୁଲିସ ଗିରଫ [illegible] ରହିଥିଲା। ସେପ୍ଟେମ୍ବର ୪ ତାରିଖ ଚିକିତ୍ସିତ ଅବସ୍ଥାରେ ସରସ୍ୱତୀର ମୃତ୍ୟୁ ହୋଇଥିଲା। ମୃତ୍ୟୁ ପୂର୍ବରୁ ୪ଜଣ ମିଶି କିରୋସିନି ଢାଳି ନିଆଁ ଲଗାଇଥିବାର ବୟାନ ସରସ୍ୱତୀ ଦେଇଥିଲା। ହେଲେ ମୃତ୍ୟୁର ଅବଧି ୧୨ ଦିନ ବିତିଯାଇଥିଲେ ମଧ ଏହି ହତ୍ୟାକାଣ୍ଡରେ ସମ୍ପୃକ୍ତ ଅଭିଯୁକ୍ତ ମାନଙ୍କୁ ପୁଲିସ ଗିରଫ କରୁନାହିଁ। କେବଳ ମାମଲା ରୁଜୁ କରି ଜଣଙ୍କୁ ଗିରଫ କରିଥିବା ବେଳେ ଅନ୍ୟ ଅଭିଯୁକ୍ତ ମାନେ ଖୁଲମଖୁଲା ବୁଲୁଛନ୍ତି। ମୃତ ସରସ୍ୱତୀକୁ ନ୍ୟାୟ ଦେବା ପାଇଁ ପରିବାର ପକ୍ଷରୁ ଏସପିଙ୍କୁ ଗୁହାରୀ କରାଯାଇଛି।

## ଆଶାସାଥି ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର

କେନ୍ଦ୍ରାପଡା,(ପିଏନ)-ଭାରତୀୟ ମଜଦୁର ସଂଘ ସଂଲଗ୍ନ ରାଜ୍ୟ ଆଶାସାଥି ସଂଘ କେନ୍ଦ୍ରାପଡା ଜିଲ୍ଲା ଶାଖା ପକ୍ଷରୁ ୮ଦଫା ଦାବି ପୂରଣ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ପ୍ରଦାନ କରାଯାଇଛି। ଭାରତୀୟ ମଜଦୁର ସଂଘର ଜିଲ୍ଲା ସଭାପତି ପ୍ରଭାତ ପାଣି, ସଂପାଦକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅରୁଣ କୁମାର ସିଂହଙ୍କ ସମେତ ଆଶାସାଥି ସଭାପତି ମଞ୍ଜୁଲତା ସାମଲ, ସଂପାଦିକା ରାଜଲକ୍ଷ୍ମୀ ସୁତାର, ମଧୁସ୍ମିତା ଓଝା, ସୁଜାତା ରାଉତ ଓ ମନୋରମା ମହାପାତ୍ର ପ୍ରମୁଖ ଜିଲ୍ଲାପାଳ ସମର୍ଥ ବର୍ମାଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି।

ଦାବି ଗୁଡିକ ମଧ୍ୟରୁ ଆଶାସାଥି ମାନଙ୍କୁ ସରକାରୀ ମାନ୍ୟତା ପ୍ରଦାନ, କେନ୍ଦ୍ର ସରକାରଙ୍କ ଘୋଷଣା ଅନୁଯାୟୀ ମାସିକ ୬ ହଜାର ଟଙ୍କା ପ୍ରଦାନ, ସାଥି ମାନଙ୍କ ପାଇଁ ଡ୍ରେସ୍ କୋଡ ଲାଗୁ କରିବା, ଦକ୍ଷତା ବୃଦ୍ଧି ପାଇଁ ତାଲିମ ଦେବା, ଆଶାସାଥି ମାନଙ୍କୁ ବୀମା ଭୁକ୍ତ କରି ମୃତ୍ୟୁକାଳୀନ ସହାୟତା ପ୍ରଦାନ କରିବା, ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତି ଯୋଜନା ଓ ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା ଲାଗୁ କରିବା, ଆୟୁଷ୍ମାନ ଭାରତ ଚିକିତ୍ସା ବୀମାରେ ଆଶାସାଥିଙ୍କୁ ଅନ୍ତର୍ଭୁକ୍ତ କରିବା ଓ କୋଭିଡ-୧୯ ଯୋଦ୍ଧା ଭାବେ ଏମାନଙ୍କୁ ପ୍ରୋତ୍ସାହନ ରାଶି ଓ ସୁରକ୍ଷା ପ୍ରଦାନ କରିବା ଆଦି ପ୍ରମୁଖ ଦାବି ରହିଛି।

## ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା। ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ। ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି। ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷିରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି। ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି। ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ।

ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତ୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନିସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି। ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି।

## ବାଙ୍ଗିରିପୋଷିରେ ଅଟୋକୁ ଟ୍ରକ ପଛରୁ ଧକ୍କା ଦେଲା, ୨ ମୃତ, ୧୦ ଗୁରୁତର

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ୪୯ ନମ୍ବର ଜାତୀୟ ରାଜପଥର ବାଙ୍ଗିରିପୋଷି ଦ୍ୱାରଶୁଣି ଘାଟିରେ ଆଜି ପୂର୍ବାହ୍ନରେ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଏକ ଅଟୋକୁ ପଛ ପଟୁ ଧକ୍କା ଦେଇ ଟ୍ରକ୍ ଓଲଟିବାରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଛି। ମୃତକଙ୍କ ମଧ୍ୟରେ ଜଣେ ସ୍କୁଲ ଛାତ୍ର ଓ ଅନ୍ୟ ଜଣେ ଅଭିଭାବକ ଥିବା ସୂଚନା ମିଳିଛି।ସୂଚନାଯୋଗ୍ୟ, ଆଜି ସକାଳେ ମଧ୍ୟାହ୍ନ ଭୋଜନ ଚାଉଳ ଆଣିବାକୁ ବିଶୋଇ ବ୍ଲକର ଦୋପଛା ଗାଁରୁ ଶୁଳିଆପଦା ଅଭିମୁଖେ ଏକ ଅଟୋରେ ୧୨ ଜଣ ଯାତ୍ରୀ ଯାଉଥିଲେ। ସେମାନଙ୍କ ମଧ୍ୟରେ ୪ ଜଣ ମହିଳା, ୪ ଜଣ ପୁରୁଷ ଓ ୪ ଜଣ ୧୦ରୁ ୧୨ ବର୍ଷ ମଧ୍ୟରେ ପିଲା ଥିଲେ। ସେମାନେ ନିଜ ଗାଁରୁ ପ୍ରାୟ ୨୦ କିଲୋମିଟର ଆସିବା ପରେ ବାଙ୍ଗିରିପୋଷି ଘାଟିରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ।ଅଟୋଟି ବାଙ୍ଗିରିପୋଷି ଘାଟିରେ ଓହ୍ଲାଉଥିବା ବେଳେ ଦ୍ରୁତ ଗତିରେ ଆସୁଥିବା ଏକ ଟ୍ରକ୍ ଅଟୋକୁ ପଛ ପଟୁ ପିଟି କିଛି ଦୂରକୁ ଘୋଷାରି ନେଇଥିଲା। ଏହାପରେ ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଓଲଟି ପଡ଼ିଥିବା ବେଳେ ଅଟୋରେ ଥିବା ଯାତ୍ରୀଙ୍କ ମଧ୍ୟରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଥିଲା। ମୃତକଙ୍କ ମଧ୍ୟରେ ଜଣେ ପିଲା ଓ ଜଣେ ପୁରୁଷ ଅଛନ୍ତି। ଖବର ପାଇ ବାଙ୍ଗିରିପୋଷି ପୁଲିସ୍ ଓ ଅଗ୍ନିଶମ ବାହିନୀ କର୍ମଚାରୀ ଘଟଣାସ୍ଥଳରେ ପହଂଚି ତୁରନ୍ତ ଅନ୍ୟ ଆହତମାନଙ୍କୁ ବାଙ୍ଗିରିପୋଷି ମେଡିକାଲରେ ଭର୍ତି କରିଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ସେମାନଙ୍କୁ ବାରିପଦା ପିଆରଏମ ମେଡିକାଲକୁ ପଠାଇ ଦେଇଛି। ଦୁର୍ଘଟଣା ଘଟାଇ ଟ୍ରକ୍ ଡ୍ରାଇଭର ଓ ହେଲପର ଟ୍ରକ ଛାଡି ଫେରାର ହୋଇଯାଇଥିବା ଜଣାଯାଇଛି।

## ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି। କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି। ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ-୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି। ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି। କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ମେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି। ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି।

## କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୂତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି। ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ। ଏହି ଅବସରରେ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣି ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ। ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୁର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି।

## ସ୍କର୍ପିଓ ଧକ୍କାରେ ଦୁଇ ସ୍କୁଟି ଆରୋହୀ ଆହତ

କୋରେଇ,(ପିଏନ)- ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ତୁଳସୀ ପେଟ୍ରୋଲ ପମ୍ପ ନିକଟରେ ଭୁବନେଶ୍ୱରରୁ ନିଜଗ୍ରାମ କେଉଁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ବାଇଁଶିରା ଗ୍ରାମକୁ ଏକ ସ୍କୁଟି(ଓଡ଼ି୩୩କେ୨୭୭୭)ରେ ଯାଉଥିବା ଦାମୁ ଚମ୍ପିଆଙ୍କ ଦୁଇ ପୁଅ କେଦାର ଓ କୀର୍ତନଙ୍କୁ ଏକ ଦ୍ରୁତଗାମୀ ସ୍କର୍ପିଓ ସାଇଡ଼ ମାରିଦେବାରୁ ଦୁଇ ଭାଇ ରାସ୍ତା ଡ଼ିଭାଇଡ଼ର ଉପରେ ପଡ଼ି ଆହତ ହୋଇଥିଲେ।

## ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି। ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି। ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ। ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି। ଏହାକୁ ତୁରନ୍ତ ପ୍ରତ୍ୟାହର କରିବା ପୂର୍ବରୁ ଥିବା ଗାଁ ସାଥି ମାନଙ୍କୁ ତାଲିମ୍ ପ୍ରଦାନ କରି ଖାଲିଥିବା ସରକାରୀ ଚାକିରୀରେ ନିଯୁକ୍ତି ଥିବା, ପ୍ରତ୍ୟେକ ଗ୍ରାମରେ ପ୍ରବାସୀ ଶ୍ରମିକ ଓ ବେକାର ଯୁବକ ଯୁବତୀଙ୍କୁ ୨୦୦ ଦିନର କାମ ଯୋଗାଇ ଦେବା ପ୍ରଭୃତି ୫ ଦଫା ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ପ୍ରଦାନ କରାଯାଇଛି। ସଂଘର ଉପଦେଷ୍ଟା ଆଇନଜୀବି ରମଣୀ ରଞ୍ଜନ ରାଉତରାୟ, ସଭାପତି ପ୍ରମିଳା ସାମଲ, କ୍ଷିରୋଦ କୁମାର ଖଟୁଆ, ନିତ୍ୟ ସୁନ୍ଦର ଜେନା, ଉପେନ୍ଦ୍ର ସାହୁ, ମୁକୁନ୍ଦ ମହାପାତ୍ର, ରବିନ୍ଦ୍ର ରାଉତ ପ୍ରମୁଖ ଦାବିପତ୍ର ପ୍ରଦାନ ବେଳେ ଉପସ୍ଥିତ ଥିଲେ।

## ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ "ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା"ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ। ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକ ତତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି।ଯାହ ପାଇଁ ଆମକୁ ସାବଧାନତା ଅବଲମ୍ବନ କରି ପୋଷକ ତତ୍ୱର ଖାଦ୍ୟ ପଦାର୍ଥ ଖାଇବା ଆବଶ୍ୟକତା ରହିଛି ବୋଲି ଅନ୍ତରଙ୍ଗ ଯୁବ ମାହାସଂଘର ସମ୍ପାଦକ ହୃଷିକେଶ ପ୍ରଧାନ ବୁଝେଇଥିଲେ।ମହାମାରୀ ପାଇଁ ସ୍କୁଲ କଲେଜ ଗୁଡିକ ବନ୍ଦ ରହିଥିବା ଫଳରେ ଛାତ୍ରଛାତ୍ରୀ ମାନଙ୍କ ପାଠପଢ଼ାରେ ବ୍ୟାଘାତ ଶୃଷ୍ଟି ହେଉଛି।ଏହାର ସମାଧାନ ଆମ ନିଜ ପାଖରେ ଅଛି।ଯାହାକି ନିଜେ ପାଠ ପଢ଼ିବା ଅଭ୍ୟାସ ରଖିବାକୁ ପଡିବ ଓ ଆଗାମୀ ଦିନରେ ମଧ ପଢ଼ିବା ପାଇଁ ଅନ୍ୟ ଭାଇଭଉଣୀଙ୍କୁ ମଧ ପ୍ରବର୍ତାଇବା ଉଚିତ ବୋଲି ବାଲ୍ୟ ବିବାହ ପ୍ରତିରୋଧ ମଂଚର ସମ୍ପାଦିକା ବିଷ୍ଣୁ ପ୍ରିୟା ପ୍ରଧାନ କହିଛନ୍ତ।

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Friday June 21, 2024 ଭୁବନେଶ୍ୱର ଶୁକ୍ରବାର, ଜୁନ ୨୧,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



## ବ୍ୟାସ ଫାଉଣ୍ଡେସନ ଓ ପୋଲିସ ସହାୟତାରେ ବୃଦ୍ଧଙ୍କ ଘର ବାହୁଡ଼ା



ପାରାଦ୍ୱୀପ,(ପି.ଏନ): ଆଜିର ସମାଜରେ ବାପା ମାଆଙ୍କୁ ନିର୍ଯାତନା ଦେବା ଓ ଘରୁ ବାହାର କରିଦେବା ଏକ ସାମାଜିକ ବ୍ୟାଧି ହୋଇଗଲାଣି । ଏମିତି ଏକ ଘଟଣା ଦେଖିବାକୁ ମିଳିଛି ଚ଼ଟୁଆ ପଞ୍ଚାୟତ ଅଧିନ ଜନାର୍ଦ୍ଦନ ଗ୍ରାମରେ। ଗ୍ରାମର ଗୋପୀନାଥ ପାତ୍ର ବୟସ ୮୦ ପୁଅ ବୋହୁ, ପରିବାର ଦ୍ୱାରା ନିର୍ଯାତିତ ହେବା କଥା ଗଣମାଧ୍ୟମ ରେ ପ୍ରକାଶିତ ହେବା ପରେ ନିଜର ଅବଶିଷ୍ଟ ଜୀବନ ଓ ସମସ୍ୟାର ସମାଧାନ ନିମନ୍ତେ ଗୋପୀନାଥ ପାତ୍ର ବ୍ୟାସ ଫାଉଣ୍ଡେସନର ଅଧକ୍ଷା ସ୍ନେହମୟୀ ଆଚ଼ାର୍ଯ୍ୟ ଓ ଅନ୍ୟ କର୍ମକର୍ତ୍ତାଙ୍କ ମାଧ୍ୟମରେ ୪ ମାସ ତଳେ ଉପଜିଲ୍ଲାପାଳ ଜଗତସିଂହପୁର ଙ୍କ ନିକଟରେ ଲିଖିତ ଅଭିଯୋଗ କରିଥିଲେ। ଏ ବାବଦରେ ଉପଜିଲ୍ଲାପାଳଙ୍କ ଙ୍କ ପତ୍ର ୫୮୧୪ ତା-୨/୫/୨୪ ମାଧ୍ୟମରେ କୁଜଙ୍ଗ ଭାରପ୍ରାପ୍ତ ଥାନାଧିକାରୀଙ୍କୁ ଆପୋଷ ବୁଝାମଣା ମାଧ୍ୟମରେ ବୃଦ୍ଧ ଗୋପୀନାଥଙ୍କୁ ଥଇଥାନ ଓ ସୁରକ୍ଷା ସମ୍ପର୍କରେ ନିର୍ଦ୍ଦେଶ ଦେଇଥିଲେ । ଗୁରୁବାର ଦିନ କୁଜଙ୍ଗ ଥାନା ଅଧିକାରୀ ରଶ୍ମି ରଞ୍ଜନ ଦାଶ, ଶିଶୁ ଓ ମହିଳାଙ୍କ ଅଧିକାରୀ ରେଣୁବାଳା ମହାପାତ୍ର,ବ୍ୟାସ ଫାଉଣ୍ଡେସନର ଅଧକ୍ଷା ସ୍ନେହମୟୀ ଆଚ଼ାର୍ଯ୍ୟ, ଉପସଭାପତି ରଶ୍ମିତା ନାୟକ ପ୍ରମୁଖ ଗୋପୀନାଥ ପାତ୍ରଙ୍କ ପୁତ୍ର ଓ ପୁତ୍ରବଧୂଙ୍କ ଉପସ୍ଥିତିରେ ଦୀର୍ଘ ସମୟ ଆଲୋଚ଼ନା ପର୍ଯ୍ୟାଲୋଚ଼ନା ପରେ ପୁଅ ବୋହୁ ସମସ୍ତ ମନ ମାଳିନ୍ୟକୁ ପାସୋରି ବାପାଙ୍କୁ ନିଜ ସହ ଭଲରେ ରଖିବେ ବୋଲି ଥାନାଧିକାରୀ ଓ ବ୍ୟାସ ଫାଉଣ୍ଡେସନର ଅଧକ୍ଷାଙ୍କୁ ଲିଖିତ ପ୍ରତିଶୃତି ଦେବା ପରେ ଘରକୁ ଫେରାଇ ନେଇଥିଲେ। କୁଜଙ୍ଗ ପୋଲିସ ଓ ବ୍ୟାସ ଫାଉଣ୍ଡେସନର ଏପରି ପରିବାର ପୁନର୍ଗଠନ କାର୍ଯ୍ୟକ୍ରମ ବେଶ୍ ନିଆରା ବୋଲି ସର୍ବ ସାଧାରଣରେ ଆଲୋଚ଼ନା ହେଉଛି ।

## ଅନୁଗୁଳ ଜିଲ୍ଲା ବିଜେପିର ଏକ ଜରୁରୀକାଳୀନ ଆଭାସି ବୈଠକ

**ଅନୁଗୁଳ,(ପି.ଏନ): ଅନୁଗୁଳ ଜିଲ୍ଲା ବିଜେପିର ଏକ ଜରୁରୀକାଳୀନ ଆଭାସି ବୈଠକ ଗୁରୁବାର ଦିନ ଅନୁଷ୍ଠିତ ହୋଇଯାଇଛି ।** ବିଜେପି ଅନୁଗୁଳ ଜିଲ୍ଲା ସଭାପତି ଡିଲେଶ୍ୱର ପ୍ରଧାନ ଙ୍କ ଅଧକ୍ଷତାରେ ଅନୁଷ୍ଠିତ ଉକ୍ତ ବୈଠକରେ ଅନ୍ତରାଷ୍ଟ୍ରୀୟ ଯୋଗ ଦିବସ ଜୁନ ୨୧ ରୁ ଶ୍ୟାମାପ୍ରସାଦ ମୁଖାର୍ଜୀ ଙ୍କର ଜନ୍ମତିଥୀ ଜୁଲାଇ ୬ ପର୍ଯ୍ୟନ୍ତ ବିଜେପି ଜିଲ୍ଲା ସ୍ତରରୁ ବୁଥ ସ୍ତର ପର୍ଯ୍ୟନ୍ତ ବିଭିନ୍ନ କାର୍ଯ୍ୟକ୍ରମ କରିବ ବୋଲି ନିଷ୍ପତ୍ତି ଗ୍ରହଣ କରାଯାଇଛି ।ରାଜ୍ୟ ବିଜେପି ର ପରାମର୍ଶ କ୍ରମେ ଜୁନ ୨୧ରେ ଅନ୍ତରାଷ୍ଟ୍ରୀୟ ଯୋଗ ଦିବସ କୁ ସମସ୍ତ ଶକ୍ତିକେନ୍ଦ୍ର ସ୍ତରରେ ପାଳନ କରାଯିବ ।ବିଜେପି ସୃଷ୍ଟି ହୋଇଥିବା ସଙ୍ଗଠନ ଜନ ସଂଘ ର ପ୍ରତିଷ୍ଠାତା ଶ୍ୟାମାପ୍ରସାଦ ମୁଖ୍ୟର୍ଜୀ ଙ୍କର ବଳିଦାନ ଦିବସ ତଥା ସ୍ମୃତି ଦିବସ ଜୁନ ୨୩ ରେ ସମସ୍ତ ବୁଥ ସ୍ତରରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ।ସେହିଭଳି ଜୁନ ୨୫ ତାରିଖରେ କଳା ଦିବସ ପାଳିବ ବିଜେପି ।ଏହିଦିନ ୧୯୭୫ ମସିହାରେ ତତ୍କାଳୀନ କଂଗ୍ରେସ ସରକାର ଜରୁରୀ କାଳୀନ ପରିସ୍ଥିତି ଜାରୀ କରି ମିସା ରେ ଲକ୍ଷ ଲକ୍ଷ ଲୋକଙ୍କୁ ବନ୍ଦୀ କରିଥିଲେ ।ସେହି ସମୟରେ ବନ୍ଦୀ ହୋଇଥିବା ବ୍ୟକ୍ତିଙ୍କୁ ବିଜେପି ସମ୍ମାନିତ କରିବା ସହ ବୁଦ୍ଧିଜୀବୀ ସମ୍ମିଳନୀ କରିବ ବୋଲି ନିଷ୍ପତ୍ତି ନିଆଯାଇଛି ।'ମା ଙ୍କ ନାମରେ ଗୋଟିଏ ଗଛ' ଅଭିଯାନ ରେ ବୁଥ ସ୍ତରରେ ସମସ୍ତ କାର୍ଯ୍ୟକର୍ତା ବୃକ୍ଷ ରୋପଣ କରିବା ସହ ସମସ୍ତ ନାଗରିକ, ଅନୁଷ୍ଠାନ କୁ ବୃକ୍ଷ ରୋପଣ ପାଇଁ ପ୍ରେରିତ କରିବେ ।ଜୁନ ୩୦ ରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଲୋକପ୍ରିୟ କାର୍ଯ୍ୟକ୍ରମ ମନ କି ବାତ ସମସ୍ତ ବୁଥ ସ୍ତରରେ ଅନୁଷ୍ଠିତ ହେବ ।ଏହି ପକ୍ଷ ମଧ୍ୟରେ ସ୍ୱଚ୍ଛ ଭାରତ ସ୍ୱସ୍ଥ ଭାରତ କାର୍ଯ୍ୟକ୍ରମ ବ୍ୟାପକ ଭାବେ କରାଯିବ ।ସମସ୍ତ ସେବା ମୂଳକ କାର୍ଯ୍ୟ ଏହି ପକ୍ଷ ମଧ୍ୟରେ କରାଯିବାକୁ ନିଷ୍ପତ୍ତି ନିଆଯାଇଛି ।ଜୁଲାଇ ୬ ତାରିଖ ରେ ଶ୍ୟାମାପ୍ରସାଦ ଙ୍କର ଜନ୍ମ ଜୟନ୍ତୀ ସମସ୍ତ ବୁଥ ସ୍ତରରେ ପାଳନ କରାଯିବ ବୋଲି ଜିଲ୍ଲା ସଭାପତି ଶ୍ରୀ ପ୍ରଧାନ କହିଛନ୍ତି ।ଆଜିର ଏହି ଆଭାସି ବୈଠକରେ ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ପ୍ରତିମା ମିଶ୍ର,ପ୍ରାକ୍ତନ ବିଧାୟକ ରମେଶ ଚ଼ନ୍ଦ୍ର ସାଏ, ଜିଲ୍ଲା ସାଧାରଣ ସମ୍ପାଦକ ସୁଦୀପ ଗଡନାୟକ, ପ୍ରକାଶ ମହାରଣା ଓ ଭବାନୀ ଜ୍ୟୋତିଷରାୟ ,ଅନୁଗୁଳ ଜୋନାଲ ମିଡିଆସେଲ ସଂଯୋଜକ ପର୍ଶୁରାମ ବାରିକ,ଭକ୍ତି ପ୍ରସାଦ ଦାସ,ଜିଲ୍ଲା ସମ୍ପାଦକ ସମୋନାଥ ରାଉତ, ପ୍ରଭାତ ପ୍ରଧାନ,ପ୍ରଶାନ୍ତ ନନ୍ଦ,ଚିତ୍ତରଞ୍ଜନ ମେହେର ଙ୍କ ସମେତ ସମସ୍ତ ଜିଲ୍ଲା ପଦାଧିକାରୀ, ବିଭିନ୍ନ ମୋର୍ଚ୍ଚା ପ୍ରମୁଖ,ଙ୍କ ସମେତ ଶତାଧିକ ବରିଷ୍ଠ କାର୍ଯ୍ୟକର୍ତା ଯୋଗ ଦେଇଥିଲେ ।

## ପାଟେର ଗାଁରେ ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା କାମରେ ଅନିୟମିତତା ଅଭିଯୋଗ



ଖପ୍ରାଖୋଲ,(ପିଏନ): ଖପ୍ରାଖୋଲ ବ୍ଲକ୍ ପଡ଼ିଆବାହାଲ୍ ପଞ୍ଚାୟତ ପାଟେର ଗାଁ ରେ ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା କାମରେ ଅନିୟମିତତା ହୋଇଛି । ଏନେଇ ଗ୍ରାମର ଅଣକୁଶଳୀ ଶ୍ରମିକ ତଥା ଗ୍ରାମ ବାସୀ ବ୍ଲକ୍ କାର୍ଯ୍ୟାଳୟ ଆସି ଅଭିଯୋଗ କରିଥିବା ଜଣାଯାଇଛି । ଗାଁ ର ଦୁଇଟି ପୋଖରୀ ର ମାଟି ଉନ୍ନତି କାମରେ କମ୍ ଶ୍ରମିକ ସ୍ଥାନ ରେ ଅଧିକ ଶ୍ରମିକ କାମ କରୁଥିବା ଦେଖେଇ ଥିବା ଅଭିଯୋଗ କରିଛନ୍ତି । ତୁରନ୍ତ ଏହି ଘଟଣାର ତଦନ୍ତ ସହ ଗାଁ ସାଥି କୁ ନିଲମ୍ବନ କରିବାକୁ ତୁଳ ରଣା,ବାଲ ଗୋବିନ୍ଦ ସେଠ, ଦିନେଶ ଠାକୁର, ଭବାନୀ ସେଠ, ଶିବ ସାହୁ ପ୍ରମୁଖ ୩୦ ରୁ ଉର୍ଦ୍ଧ ଗ୍ରାମ ବାସୀ ତଥା ଶ୍ରମିକ ଲିଖିତ ଅଭିଯୋଗ କରିଥିବା ଜଣାଯାଇଛି । ଏନେଇ ଖପ୍ରାଖୋଲ ବ୍ଲକ୍ ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା ଏ ପି ଓ ପ୍ରଶାନ୍ତ କୁମାର ସାହୁ ଙ୍କୁ ପଚ଼ାରିବାରୁ ଅଭିଯୋଗ ପାଇଛୁ, ଚ଼ାରି ଦିନ ମଧ୍ୟରେ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରକାଶ କରିଛନ୍ତି ।

## ଟ୍ରଷ୍ଟ ସମ୍ବର୍ଦ୍ଧିତ କଲା ଜିଲ୍ଲା ମାଟ୍ରିକ ଟପ୍ପରଙ୍କୁ

କେନ୍ଦ୍ରାପଡ଼ା,(ପି.ଏନ): ରାଜ୍ୟର ଏକ ପ୍ରମୁଖ ସ୍ୱେଚ୍ଛାସେବୀ ଅନୁଷ୍ଠାନ ବାଞ୍ଛାନିଧି ଦାସ ଓ ଶ୍ରୀମତୀ ଦେବୀ ଚାରିଟେବୁଲ ଟ୍ରଷ୍ଟ ବିଭିନ୍ନ ସାମାଜିକ କାର୍ଯ୍ୟରେ ଜଡିତ ଥାଏ। ଏହି କ୍ରମରେ କେନ୍ଦ୍ରାପଡା ଜିଲ୍ଲା ମାଟ୍ରିକ ଟପ୍ପର ହୋଇଥିବା ତଥା ଜିଲ୍ଲାରେ ସର୍ବୋଚ ନମ୍ବର ରଖିଥିବା ରାଜକନିକା ଆର.ଏନ.ହାଇସ୍କୁଲର ଛାତ୍ରୀ ସୁଶ୍ରୀ ଅନନ୍ୟା ବାରିକଙ୍କୁ ଆଜି ଓଳାଭର ଠାରେ ଟ୍ରଷ୍ଟ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି। ସୁଶ୍ରୀ ବାରକଙ୍କୁ ଶାଲ, ପୁଷ୍ପଗୁଚ୍ଛ, ମାନପତ୍ର ଓ ଆର୍ଥିକ ସହାୟତା ପ୍ରଦାନ କରାଯାଇ ସମ୍ବର୍ଦ୍ଧିତ କରାଯିବା ସହ ତାଙ୍କର ଉ ରେ ।ର ଉନ୍ନତି କାମନା କରାଯାଇଥିଲା। ଟ୍ରଷ୍ଟର ମୁଖ୍ୟ ପୃଷ୍ଟପୋଷକ ଆମେରିକାର ଆଲାସ୍କା ବିଶ୍ୱବିଦ୍ୟାଳୟର ଏମିରେଟସ ପ୍ରଫେସର ଡ. ଦେବେନ୍ଦ୍ର କୁମାର ଦାସଙ୍କ ନିର୍ଦ୍ଦେଶକ୍ରମେ ଟ୍ରଷ୍ଟର ସଂଯୋଜକ ତଥା ଜିଲ୍ଲା ପ୍ରତିଭା ପୂଜା ସଂସଦ ସଭାପତି ପ୍ରଦିପ କୁମାର ମହାନ୍ତିଙ୍କ ଅଧକ୍ଷତାରେ ଅନୁଷ୍ଠିତ ଉତ୍ସବରେ ଅତିଥି ଭାବେ ସମାଜସେବୀ ଭାଗିରଥୀ ଜେନା ଓ ଶ୍ରୀନିବାସ ପ୍ରଧାନ, ଅକ୍ସଫୋର୍ଡ ଇଂରାଜୀ ମିଡିଅମ ସ୍କୁଲର ଅଧକ୍ଷା ମିସ ଡଲି ପ୍ରମୁଖ ଯୋଗଦେଇ ସୁଶ୍ରୀ ବାରିକଙ୍କୁ ସମ୍ବର୍ଦ୍ଧିତ କରିଥିଲେ।

## ତାଳଚେରରେ ସାଂସଦ ରୁଦ୍ର ନାରାୟଣ ପାଣିଙ୍କୁ ବିଜେପି ପକ୍ଷରୁ ଭବ୍ୟ ସ୍ୱାଗତ ସମ୍ବର୍ଦ୍ଧନା

ତାଳଚେର,(ପି.ଏନ): ଢେଙ୍କାନାଳ ନବ ନିର୍ବାଚ଼ିତ ସାଂସଦ ରୁଦ୍ର ନାରାୟଣ ପାଣି ଙ୍କର ଆଜି ଗୁରୁବାର ତାଳଚେର ଗସ୍ତ କାର୍ଯ୍ୟକ୍ରମ ରହିଥିଲା ।ସାଂସଦ ଶ୍ରୀ ପାଣି ଙ୍କୁ ତାଳଚେର ବିଜେପି ପକ୍ଷରୁ ଉତ୍ସର୍ଗୀକୃତ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଇଛି ।ସାଂସଦ ଶ୍ରୀ ପାଣି ତାଳଚେର ହାଟ ତୋଟା ହନୁମାନ ମନ୍ଦିର ରେ ଗୁରୁବାର ଅପରାହ୍ଣ ରେ ପହଞ୍ଚିଥିଲେ ।ହନୁମାନ ମନ୍ଦିର ରେ ଦର୍ଶନ ଓ ପୂଜାର୍ଚ୍ଚନା କରିବା ପରେ ସାଂସଦ ଙ୍କୁ ବିଜେପି ପକ୍ଷରୁ ଶହ ଶହ ସଂଖ୍ୟାରେ କାର୍ଯ୍ୟକର୍ତା ଉପସ୍ଥିତ ରହି ସ୍ୱାଗତ କରିବା ସହ ଫୁଲତୋଡ଼ା ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ ।୧୯୮୧ ମସିହାରୁ ତାଳଚେର ସହ ସମ୍ପର୍କ ତାଳଚେର ମାଟି ସ୍ୱାଧୀନତା ସଂଗ୍ରାମୀ ପବିତ୍ର ପ୍ରଧାନ ଙ୍କର ମାଟି ପ୍ରାକ୍ତନ କେନ୍ଦ୍ରମନ୍ତ୍ରୀ ଦେବେନ୍ଦ୍ର ପ୍ରଧାନ ଏବଂ ବର୍ତ୍ତମାନ ର କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ର ମାଟି ,ଏ ମାଟି କୁ ନମନ ।ତାଳଚେର ର ହଜାର ହଜାର ବିଜେପି ର ନିଷ୍ଠାପର କାର୍ଯ୍ୟକର୍ତା ମାନଙ୍କର ଭଲ ପାଇବା କୁ ମୁଁ କେବେ ଭୁଲି ପାରିବି ନାହିଁ ।ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଯେଉଁ ଡବଲ ଇଞ୍ଜିନ ସରକାର କଥା କହିଥିଲେ ତାହା ଆଜି ବାସ୍ତବରେ ପରିଣତ ହୋଇଛି ।ଓଡିଶା ବାସୀ ଆଜି ନରେନ୍ଦ୍ର ମୋଦି ଙ୍କ କଥା ରଖିଛନ୍ତି ।ବିଜେପି କୁ ସେବା କରିବା ପାଇଁ ସୁଯୋଗ ଦେଇଛନ୍ତି ।ଆମେ ଶାସକ ନୁହେଁ ଆମେ ସବୁ ସେବକ ଆମ ନେତା ନରେନ୍ଦ୍ର ମୋଦି ପ୍ରଧାନ ସେବକ ,ଆମ ମୁଖ୍ୟମନ୍ତ୍ରୀ ରାଜ୍ୟର ମୁଖ୍ୟ ସେବକ ଆମେ ସମସ୍ତେ ସେବକ ଭଳି କାର୍ଯ୍ୟକରିବା ମୋଦି ଙ୍କର ବିକଶିତ ଭାରତ, ବିକଶିତ ଓଡିଶା ବିକଶିତ ତାଳଚେର ପାଇଁ କାର୍ଯ୍ୟ କରିବା ପାଇଁ ସଙ୍କଳ୍ପ ନେବା ବୋଲି ସାଂସଦ ରୁଦ୍ର ନାରାୟଣ ପାଣି ଉପସ୍ଥିତ କାର୍ଯ୍ୟକର୍ତା ଙ୍କୁ ପ୍ରକାଶ କରିଥିଲେ ।ସାଂସଦ ଶ୍ରୀ ପାଣି ସେଠାରୁ ତାଳଚେର ଉପ ଜିଲ୍ଲାପାଳ ଙ୍କ କାର୍ଯ୍ୟାଳୟରେ ଏକ ବୈଠକରେ ଯୋଗ ଦେବା ସହ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ ।ଆଜିର ଏହି କାର୍ଯ୍ୟକ୍ରମରେ ପ୍ରାକ୍ତନ ବ୍ଲକ ଅଧକ୍ଷ ବୃନ୍ଦାବନ ବେହେରା,ବରିଷ୍ଠ ନେତା ଯଯାତି ପଟ୍ଟନାୟକ, ସରପଞ୍ଚ ସହଦେବ ସାହୁ, ଜିଲ୍ଲା ସାଧାରଣ ସମ୍ପାଦକ ପ୍ରକାଶ ମହାରଣା,ଜିଲ୍ଲା ସମ୍ପାଦକ ପ୍ରଶାନ୍ତ ନନ୍ଦ,ମଣ୍ଡଳ ସଭାପତି ରଜେନ୍ଦ୍ର ସିଂହ,ବରୁଣ ସାହୁ,ସତ୍ୟବନ୍ତ ସାହୁ, ଗୋପାଳ ସାହୁ,ଚୈତନ୍ୟ ପ୍ରଧାନ,ଯସ୍ମୀନ ପ୍ରଧାନ,ପେସ୍କାର ଗଡନାୟକ, ବିରଞ୍ଚି ପାଣି, ବୁଲୁ ମିଶ୍ର,ଉଚ଼୍ଛନ୍ନ ପଟ୍ଟନାୟକ, ଅଖିଳ ସାମଲ,ଦୟାସାଗର ମିଶ୍ର,ଦୀପକ ଥମ୍ବ, ସଂକଳ୍ପ ସାହୁ, ପ୍ରଶାନ୍ତ ଦାସ, ଜିତେନ୍ଦ୍ର ଦାସ,ବିରଞ୍ଚି ସାହୁ,ନିରଞ୍ଜନ ପ୍ରଧାନ,ସୁନୀଲ ବିଶ୍ୱାଳ, କାଉନସିଲର ସ୍ୱାଧୀନ ଥମ୍ବ, ଅନିତା ବିଶ୍ୱାଳ ଓ ସନ୍ତୋଷ ବେହେରା,ଗୀତିଶ ପ୍ରଧାନ ଙ୍କ ସମେତ ଶତାଧିକ କାର୍ଯ୍ୟକର୍ତା ଉପସ୍ଥିତ ଥିଲେ।




Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray